୨୫ତମ ସ୍ୱନକ୍ଷତ୍ର ଦିବସ ଅଭିନନ୍ଦନ

ସାଧାରଣ ଲୋକଙ୍କ ଖବରକାଗଜ

ପର୍ଯ୍ୟବେକ୍ଷକ 25

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.02 Bhubaneswar Friday February 03 2023 ୨୬ତମ ବର୍ଷ ସଂଖ୍ୟା–୦୨ ଭୁବନେଶ୍ୱର, ଶୁକ୍ରବାର, ଫେବୃଆରୀ ୦୩, ୨୦୨୩ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹1.50 (Air Surcharge - 0.50P) Member-INS

ଗୋପାଳ ସୁରକ୍ଷିତ ନୁହେଁ,କେନ୍ଦ୍ରୀୟ ସୁରକ୍ଷା ଦିଆଯାଉ: ଜୟନାରାୟଣ

ଭୁବନେଶ୍ୱର,୨।୨(ପି.ଏନ): ସ୍ୱାସ୍ଥ୍ୟମନ୍ତ୍ରୀ ନବ ଦାସଙ୍କ ହତ୍ୟାର ତଦନ୍ତ କରୁଥିବା କ୍ରାଇମବ୍ରାଂଚ୍‌ର ଅଧିକାରୀ ଓ ପୁଲିସ ଉପରେ ଗୁରୁତର ଅଭିଯୋଗ ଆଣି ବିରୋଧୀ ଦଳ ନେତା ଜୟନାରାୟଣ ମିଶ୍ର ବର୍ତ୍ତମାନର ତଦନ୍ତ ନିରପେକ୍ଷ ହେବାର ସମ୍ଭାବନା ନାହିଁ ବୋଲି କହିଛନ୍ତି । ସେ ଅଭିଯୁକ୍ତ ପୁଲିସ ଏଏସଆଇ ଗୋପାଳ ଦାସଙ୍କ ସୁରକ୍ଷାକୁ ନେଇ ଚିନ୍ତା ବ୍ୟକ୍ତ କରିବା ସହ ଗୋପାଳକୁ ନେଇ କେଉଁ ଅବସ୍ଥାରେ କିଛିବି କରାଯାଇପାରେ ବୋଲି ଆଶଙ୍କା କରିଛନ୍ତି । ରାଜ୍ୟ ପୁଲିସ ଉପରେ ଭରସା ନାହିଁ ତେଣୁ ଗୋପାଳଙ୍କ ସୁରକ୍ଷା ଦାୟିତ୍ୱ କେନ୍ଦ୍ରୀୟ ସଂସ୍ଥାକୁ ଦେବାକୁ ସେ ଦାବି କରିଛନ୍ତି । ଶ୍ରୀ ମିଶ୍ର ଆଜି ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ କହିଛନ୍ତି ଯେ, କ୍ରାଇମବ୍ରାଂଚ୍ ଦ୍ୱାରା ଗିରଫ ହୋଇଥିବା ଅଭିଯୁକ୍ତ ପୁଲିସ ଏଏସଆଇ ଗୋପାଳ ଦାସ ସୁରକ୍ଷିତ ନୁହେଁ । ଗୋପାଳର କିଛି କ୍ଷତି ହେଲେ ରାଜ୍ୟ ସରକାର ଦାୟୀ ରହିବେ । ସରକାର ଅବିଳମ୍ବେ ସିବିଆଇ ତଦନ୍ତ ପାଇଁ ସୁପାରିଶ କରନ୍ତୁ । କ୍ରାଇମବ୍ରାଂଚ୍‌ର ବିଶ୍ୱସନୀୟତା ଉପରେ ସେ ପ୍ରଶ୍ନ ଉଠାଇଛନ୍ତି । ନବ ଦାସ ହତ୍ୟା ମାମଲାର ତଦନ୍ତ କରୁଥିବା ଟିମରେ ୩ଜଣ ସଦସ୍ୟ ଅଛନ୍ତି ଯାହାଙ୍କ ବିରୁଦ୍ଧରେ କ୍ରାଇମବ୍ରାଂଚ୍ ତଦନ୍ତ କରୁଛି । ଡିଏସପି ରମେଶ ବୋରା ମିଥ୍ୟା ଜାତିଗତ ପ୍ରମାଣପତ୍ର ଦେଇ ଚାକିରି କରିଥିବାର ଅଭିଯୋଗ ରହିଛି ଓ କ୍ରାଇମବ୍ରାଂଚ୍ ଏହାର ତଦନ୍ତ କରୁଛି । ଏହାର ଅର୍ଥ ରମେଶ ଗୋଟିଏ ମାମଲାରେ କ୍ରାଇମବ୍ରାଂଚ୍‌ରେ ଅଭିଯୁକ୍ତ । ସେହିପରି ଅନ୍ୟଜଣେ ଅଫିସର ହେଉଛନ୍ତି ଜୀବନାନନ୍ଦ ଜେନା । ଯିଏ ପୁରୀ ଓ ଜଗତସିଂହପୁର ଥାନାରେ ଆଇଆଇସି ଥିବାବେଳେ ଦୁଇଟି ହାଜତ ମୃତ୍ୟୁ ହୋଇଛି । ଏହାର ତଦନ୍ତ କ୍ରାଇମବ୍ରାଂଚ୍ କରୁଛି । ତେଣୁ ସେମାନେ ସରକାରଙ୍କ ଇସାରାରେ କାମ କରିବାକୁ ଏକପ୍ରକାର ବାଧ୍ୟ ବୋଲି ଶ୍ରୀ ମିଶ୍ର କହିଛନ୍ତି । ରେଙ୍ଗାଳୀ ଥାନାର ପୂର୍ବତନ ଆଇଆଇସି ଧବଳେଶ୍ୱର ସାହୁ ଫେକ୍ ଏନକାଉଣ୍ଟର ମାମଲାରେ ଅଭିଯୁକ୍ତ । ଛତିଶଗଡ ବ୍ୟବସାୟୀଙ୍କଠୁ ଚାନ୍ଦା ଆଦାୟ କରିବା ଅଭିଯୋଗ ମଧ୍ୟ ତାଙ୍କ ନାଁରେ ରହିଛି । ଛତିଶଗଡ ପୁଲିସ ଏନେଇ ଓଡିଶା ପୁଲିସ ଡିଜିଙ୍କୁ ଅଭିଯୋଗ କରିବା ପରେ ତା'ର ତଦନ୍ତ ବି କ୍ରାଇମବ୍ରାଂଚ୍ କରୁଛି ।ମମିତା ମେହେର ମାମଲାର ମୁଖ୍ୟ ଅଭିଯୁକ୍ତ ଗୋବିନ୍ଦ ସାହୁ କଣ୍ଟାବାଞ୍ଜି ଜେଲରେ ମୃତ୍ୟୁ ହୋଇଛି । ଏ ଘଟଣାର ତଦନ୍ତ କ୍ରାଇମବ୍ରାଂଚ୍ ହାତରେ ଥିଲା । ତେଣୁ ଗୋପାଳ ଦାସଙ୍କ ସୁରକ୍ଷା ଓ ନିରାପତ୍ତାକୁ ନେଇ ସେ ଚିନ୍ତା ବ୍ୟକ୍ତ କରିଛନ୍ତି । ଗୋପାଳ ଦାସଙ୍କ ପରିବାର ଲୋକେ ରାଜନୀତିକ ଅବା ଅନ୍ୟ କାରଣରୁ ନିରବ ରହିପାରନ୍ତି, କିନ୍ତୁ ରାଜ୍ୟର ସ୍ୱାର୍ଥ ଓ ସୁରକ୍ଷା ଦୃଷ୍ଟିରୁ ସିବିଆଇକୁ ଏହି ମାମଲା ହସ୍ତାନ୍ତର କରିବା ପାଇଁ ରାଜ୍ୟ ସରକାର ପଦକ୍ଷେପ ନିଅନ୍ତୁ ବୋଲି ସେ ଦାବି କରିଛନ୍ତି ।

ଜେଲ ଗଲେ ବିଧାୟକ ସାଲୁଜାଙ୍କ ପୁଅ ସେଜି

ଭୁବନେଶ୍ୱର,୨।୨(ପି.ଏନ): ସର୍ବସମ୍ମୁଖରେ ଗଣ୍ଡଗୋଳ କରିବା କଂଗ୍ରେସର କଣ୍ଟାବାଂଜି ବିଧାୟକ ସନ୍ତୋଷ ସିଂ ସାଲୁଜାଙ୍କ ପୁଅ ସେଜିଙ୍କୁ ମହଙ୍ଗା ପଡିଛି । ଫେବୃଆରୀ ୧ ତାରିଖ ରାତିରେ ପୁଲିସ୍ ତାଙ୍କୁ ଗିରଫ କରିଥିବା ବେଳେ ତାଙ୍କୁ ଆଜି ଜେଲ ହାଜତକୁ ପଠାଇ ଦିଆଯାଇଛି । ସେଜି ଗିରଫ ହେବା ପରେ ଆଜି ପାଟନାଗଡ ଏସଡିଜେଏମ କୋର୍ଟରେ ଜାମିନ ଆବେଦନ କରିଥିଲେ । କିନ୍ତୁ କୋର୍ଟ ଜାମିନ ଆବେଦନ ଖାରଜ କରିବାକୁ ତାଙ୍କୁ ଜେଲ ଯିବାକୁ ପଡିଛି । ସେଜିଙ୍କ ସହ ତାଙ୍କର ଆଉ ୫ ଜଣ ସହଯୋଗୀଙ୍କୁ ମଧ୍ୟ ଗିରଫ କରାଯାଇଥିଲେ । ସେମାନଙ୍କୁ ମଧ୍ୟ କୋର୍ଟ ଆଜି ଜାମିନ ଦେଇ ନାହାନ୍ତି । ଫଳରେ ସେଜିଙ୍କ ସହ ସେମାନେ ମଧ୍ୟ ଜେଲ ଯାଇଛନ୍ତି ।ଆଜି ପୁଲିସ୍ ତାଙ୍କୁ କୋର୍ଟରେ ହାଜର କରିବା ପରେ ସେଜି କହିଛନ୍ତି, "ମୋତେ ଚକ୍ରାନ୍ତ କରି ଫସାଇ ଦିଆଯାଇଛି । ଆଲିସାନ ସିନେମା ହଲର କର୍ମଚାରୀଙ୍କୁ ପଚାରିଲେ ପ୍ରକୃତ ସତ ସାମ୍ନାକୁ ଆସିବ ।" ତେବେ ସେଜିଙ୍କୁ କିଏ ଓ କାହିଁକି ଫସାଇବାକୁ ଚେଷ୍ଟା କରୁଛନ୍ତି, ସେକଥା ପୁଲିସ୍ ସ୍ପଷ୍ଟ କରିନି ।ଫେବୃଆରୀ ୧ ତାରିଖରେ ସେଜି ଓ ତାଙ୍କର କିଛି ବନ୍ଧୁ କଣ୍ଟାବାଞ୍ଜିରେ ଥିବା 'ଆଲିସାନ' ସିନେମା ହଲକୁ ଫିଲ୍ମ ଦେଖିବା ପାଇଁ ଯାଇଥିଲେ । ଏହି ସମୟରେ କୌଣସି କାରଣ ପାଇଁ ସିନେମା ହଲ୍ ମାଲିକଙ୍କ ସହ ତାଙ୍କର ପାଟିତୁଣ୍ଡ ହୋଇଥିଲା । ଏପରି କି ସେଜି ସାଙ୍ଗ ମାନଙ୍କ ସହ ମିଶି ହଲରେ ଭଙ୍ଗାରୁଜା ମଧ୍ୟ କରିଥିଲେ ।

୨୧ରୁ ବିଧାନସଭା ଅଧିବେଶନ, ୨୪ରେ ବଜେଟ୍

ଭୁବନେଶ୍ୱର,୨।୨(ପି.ଏନ): ଆସନ୍ତା ୨୧ତାରିଖରୁ ବିଧାନସଭାର ବଜେଟ୍ ଅଧିବେଶନ ଆରମ୍ଭ ହୋଇ ଦୁଇଟି ପର୍ଯ୍ୟାୟରେ ଏପ୍ରିଲ ୬ତାରିଖ ପର୍ଯ୍ୟନ୍ତ ଚାଲିବ । ପ୍ରଥମ ପର୍ଯ୍ୟାୟରେ ଫେବୃୟାରୀ ୨୧ରୁ ମାର୍ଚ୍ଚ ୨ ଓ ଦ୍ୱିତୀୟ ପର୍ଯ୍ୟାୟରେ ମାର୍ଚ୍ଚ ୧୦ରୁ ଏପ୍ରିଲ ୬ତାରିଖ ପର୍ଯ୍ୟନ୍ତ ଏହି ଅଧିବେଶନ ଚାଲିବାର କାର୍ଯ୍ୟକ୍ରମ ରହିଛି । ୨୪ତାରିଖରେ ୨୦୨୩-୨୪ ଆର୍ଥିକ ବର୍ଷର ବଜେଟ୍ ଉପସ୍ଥାପନ କରାଯିବ ବୋଲି ଜଣାପଡିଛି ।ବିଧାନସଭା ସଚିବାଳୟ ପକ୍ଷରୁ ଜାରି ବିଜ୍ଞପ୍ତି ଅନୁସାରେ, ୨୧ତାରିଖରେ ରାଜ୍ୟପାଳ ପ୍ରଫେସର ଗଣେଶୀଲାଲଙ୍କ ଅଭିଭାଷଣରୁ ବଜେଟ୍ ଅଧିବେଶନ ଆରମ୍ଭ ହେବ । ଉକ୍ତଦିନ ରାଜ୍ୟପାଳଙ୍କ ଅଭିଭାଷଣ ଉପରେ ଧନ୍ୟବାଦ ପ୍ରସ୍ତାବ ଆସିବ ଏବଂ ୨୨ ଓ ୨୩ ତାରିଖ ଦୁଇଦିନ ଧରି ଗୃହରେ ଏହା ଉପରେ ଆଲୋଚନା ହେବ ।ଅର୍ଥମନ୍ତ୍ରୀ ନିରଞ୍ଜନ ପୂଜାରୀ ୨୪ତାରିଖରେ ବାର୍ଷିକ ବଜେଟ୍ ଉପସ୍ଥାପନ କରିବେ । ୨୫ ଓ ୨୬ତାରିଖ ଛୁଟି ଥିବାବେଳେ ୨୭ ଓ ୨୮ ଏବଂ ମାର୍ଚ୍ଚ ୧ରେ ବଜେଟ୍ ଉପରେ ସାଧାରଣ ଆଲୋଚନା ହେବ । ୨ରୁ ୯ତାରିଖ ପର୍ଯ୍ୟନ୍ତ ବଜେଟ୍ ଅଧିବେଶନ ମୁଲତବୀ ରହିବ ।

ଏମ୍‌ସ ଭୁବନେଶ୍ୱରର ଭାରପ୍ରାପ୍ତ ମେଡିକାଲ ଅଧୀକ୍ଷକ ଭାବେ ଦାୟିତ୍ୱ ନେଲେ ବରିଷ୍ଠ ଚିକିତ୍ସକ ଡ. ଦିଲ୍ଲୀପ କୁମାର ପରିଡା

ଭୁବନେଶ୍ୱର, ୨।୨(ପି.ଏନ): ଏମ୍‌ସ ଭୁବନେଶ୍ୱର ଭାରପ୍ରାପ୍ତ ମେଡିକାଲ ଅଧୀକ୍ଷକ ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି ବରିଷ୍ଠ ଚିକିତ୍ସକ ତଥା ରେଡିଏସନ୍ ଅଙ୍କଲୋଜି ବିଭାଗ ମୁଖ୍ୟ ଡ. ଦିଲ୍ଲୀପ କୁମାର ପରିଡା । ଏହି ଅବସରରେ ଏମ୍‌ସ ଭୁବନେଶ୍ୱର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରଫେସର(ଡ.) ଆଶୁତୋଷ ବିଶ୍ୱାସ ଡ. ପରିଡାଙ୍କୁ ଅଭିନନ୍ଦନ ଜଣାଇବା ସହିତ ଭବିଷ୍ୟତ କାର୍ଯ୍ୟପନ୍ଥା ନିମନ୍ତେ ଶୁଭେଚ୍ଛା ଜଣାଇଛନ୍ତି ।ଜଣେ ବିଶିଷ୍ଟ ରେଡିଏସନ୍ ଅଙ୍କଲୋଜିଷ୍ଟ୍ ଭାବେ ସୁପରିଚିତ ଡ. ପରିଡା ଏମ୍‌ସ ଦିଲ୍ଲୀ, ନିଗ୍ରିମ୍‌ସ ସିଲଂ ଭଳି ଖ୍ୟାତନାମା ଜାତୀୟ ସ୍ୱାସ୍ଥ୍ୟ ପ୍ରତିଷ୍ଠାନରେ କାର୍ଯ୍ୟ କରିବାର ଅଭିଜ୍ଞତା ରଖିଛନ୍ତି । ଡ. ପରିଡା ୨୦୧୩ରେ ଏମ୍‌ସ ଭୁବନେଶ୍ୱରରେ ଯୋଗଦେଇଥିଲେ । ପୂର୍ବରୁ ମଧ୍ୟ (୨୦୧୬-୧୭)ରେ ଡ. ପରିଡା ଏମ୍‌ସ ଭୁବନେଶ୍ୱରର ମେଡିକାଲ୍ ? ଅଧୀକ୍ଷକ ଭାବେ କାର୍ଯ୍ୟ କରିସାରିଛନ୍ତି । ଏଥିସହିତ ଏହି ଜାତୀୟ ସ୍ୱାସ୍ଥ୍ୟପ୍ରତିଷ୍ଠାନରେ ସେ ଅନେକ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ନିର୍ବାହ କରିବାର ଅଭିଜ୍ଞତା ରଖିଛନ୍ତି ।

ପୁଣି ରାଜ୍ୟକୁ ଫେରିବ ଶୀତ ଲହରି : ଆଗାମୀ ୨୪ ଘଂଟା ମଧ୍ୟରେ ରାଜ୍ୟର ଅନେକ ସ୍ଥାନରେ ୨ ରୁ ୩ ଡ଼ିଗ୍ରୀ ଖସିବ ରାତ୍ରି ତାପମାତ୍ରା

ଭୁବନେଶ୍ୱର, ୨।୨(ପି.ଏନ): ପୁଣି ରାଜ୍ୟକୁ ଫେରିବ ଶୀତ ଲହରି । ଆଗାମୀ ୨୪ ଘଂଟା ମଧ୍ୟରେ ରାଜ୍ୟର ଅନେକ ସ୍ଥାନରେ ଆହୁରି ୨ ରୁ ୩ ଡ଼ିଗ୍ରୀ ଖସିବ ରାତ୍ରି ତାପମାତ୍ରା । ଝାରସୁଗୁଡ଼ା ଏବଂ ସୁନ୍ଦରଗଡ଼ ଜିଲ୍ଲାକୁ ଆଗାମୀ ଦୁଇଦିନ ପାଇଁ ଶୀତଲହରୀ ସମ୍ଭାବନା ହେତୁ ଚେତାବନୀ ଜାରି କରିଛି ଆଂଚଳିକ ପାଣିପାଗ ବିଭାଗ । ରାଜ୍ୟ ମଧ୍ୟକୁ ଉତର ଦିଗରୁ ପ୍ରବେଶ କରୁଥିବା ଶୁଷ୍କ ଏବଂ ଥଣ୍ଡା ବାୟୁ ପ୍ରଭାବରେ ପୁଣି ଆଭ୍ୟନ୍ତରୀଣ ଓଡ଼ିଶାର କିଛି ଅଂଚଳରେ ଶୀତ ଲହରୀ ଅନୁଭୂତ ହେବାର ସମ୍ଭାବନା ରହିଛି । ଭୁବନେଶ୍ୱର ଆଂଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ଜାରୀ ହୋଇଥିବା ଏକ ଟ୍ୱିଟ୍‌ରୁ ଏହି ସୂଚନା ମିଳିଛି ।

କିମ୍‌ସରେ ହେଲା ଓଡ଼ିଶାର ପ୍ରଥମ ହାଇବ୍ରିଡ୍ ଅସ୍ତ୍ରୋପଚାର

ଭୁବନେଶ୍ୱର, ୨।୨(ପି.ଏନ): ଓଡ଼ିଶାରେ ପ୍ରଥମ ଥର ଲାଗି ହାଇବ୍ରିଡ୍ ଅସ୍ତ୍ରୋପଚାର କରିଥିବା କିମ୍‌ସ-ଭୁବନେଶ୍ୱରର ଡାକ୍ତରମାନେ ଦାବି କରିଛନ୍ତି । ନିକଟରେ କିମ୍‌ସ-ଭୁବନେଶ୍ୱରରେ କଟକ ଜିଲ୍ଲା ବାଙ୍କୀ ବ୍ଲକ ଅନ୍ତର୍ଗତ ରତାଗଡ଼ ଗ୍ରାମର ଜନୈକ ମହିଳାଙ୍କ ମୁଖ୍ୟ ରକ୍ତନଳୀର ସଫଳ ହାଇବ୍ରିଡ୍ ଅସ୍ତ୍ରୋପଚାର କରାଯାଇଛି । ୫୦ବର୍ଷ ବୟସ୍କା ମହିଳା ସୁଷମା ରଣା ପିଠିର ଉପରଭାଗ ଓ ଛାତିରେ ଅସହ୍ୟ ଯନ୍ତ୍ରଣା ଅନୁଭବ କରିବାରୁ ସେ ଡାକ୍ତରଙ୍କ ସହ ପରାମର୍ଶ କରିଥିଲେ । ବିଭିନ୍ନ ଡାକ୍ତରଖାନାରେ ଡାକ୍ତରଙ୍କ ପରାମର୍ଶ କରି ମଧ୍ୟ କୌଣସି ସୁଫଳ ନ ମିଳିବାରୁ ଶେଷରେ ସୁଷମା ଜାନୁଆରୀ ୧୮ତାରିଖରେ କିମ୍‌ସ-ଭୁବନେଶ୍ୱର ଆସି ହୃଦରୋଗ ବିଭାଗ ଡାକ୍ତରଙ୍କ ସହ ପରାମର୍ଶ କରିଥିଲେ । ବିଭିନ୍ନ ପ୍ରକାର ପରୀକ୍ଷା ନିରୀକ୍ଷା ପରେ ସୁଷମାଙ୍କ ହୃଦପିଣ୍ଡରୁ ବିଭିନ୍ନ ଅଙ୍ଗ ପ୍ରତ୍ୟଙ୍ଗକୁ ରକ୍ତ ସଞ୍ଚାଳନ ହେଉଥିବା ମୁଖ୍ୟ ରକ୍ତନଳୀ ଫାଟିଯାଇ ଇଣ୍ଟରନାଲ୍ ବ୍ଲିଡିଂ ହେଉଥିବା ଜଣାପଡ଼ିଥିଲା । ତେଣୁ ତୁରନ୍ତ ତାଙ୍କର ହାଇବ୍ରିଡ୍ ଅସ୍ତ୍ରୋପଚାର ପାଇଁ ଡାକ୍ତର ନିଷ୍ପତ୍ତି ନେଇଥିଲେ । ପ୍ରଥମେ କିମ୍‌ସର କାର୍ଡିଓଥୋରାସିକ୍ ଓ ଭାସ୍‌କୁଲାର ସର୍ଜରୀ (ସିଟିଭିଏସ୍) ବିଶେଷଜ୍ଞ ଡା. ଏ. ଶାରଦା ଏବଂ ଡା. ଚନ୍ଦନ କୁମାର ରାୟମହାପାତ୍ରଙ୍କ ନେତୃତ୍ୱରେ ତାଙ୍କର ବାଇପାସ୍ ଅସ୍ତ୍ରୋପଚାର କରାଯାଇ ମୁଖ୍ୟ ରକ୍ତନଳୀରୁ ବାମ ହାତ ଓ ମସ୍ତିଷ୍କକୁ ରକ୍ତ ସଞ୍ଚାଳନ କରୁଥିବା ରକ୍ତନଳୀ ସହ ଦୁଇଟି ନଳୀ ସଂଯୋଗ କରାଯାଇଥିଲା । ପରେ ହୃଦରୋଗ ବିଶେଷଜ୍ଞ ଡା. ଅନୁପମ ଜେନାଙ୍କ ଦ୍ୱାରା ଷ୍ଟେଣ୍ଟି କରାଯାଇ ମୁଖ୍ୟ ରକ୍ତନଳୀର ଫାଟି ଯାଇଥିବା ସ୍ଥାନକୁ ବନ୍ଦ କରାଯାଇଥିଲା । କିମ୍‌ସର ନିଶ୍ଚେତକ ବିଶେଷଜ୍ଞ ଡା. ଅଶୋକ କୁମାର ବଡ଼ମାଳିଙ୍କ ସହାୟତାରେ ଏହି ହାଇବ୍ରିଡ୍ ଅସ୍ତ୍ରୋପଚାର ୪ରୁ ୫ଘଣ୍ଟା ସମୟ ଲାଗିଥିଲା ବୋଲି ଡା. ଜେନା କହିଛନ୍ତି । ଏହାର ତୁରନ୍ତ ଅସ୍ତ୍ରୋପଚାର କରାଯାଇ ନ ଥିଲେ ହୃଦ୍‌ଘାତ, ମସ୍ତିଷ୍କାଘାତ, ଯକୃତ ଅକାମୀ, ଅଗ୍ନାଶୟରେ ସମସ୍ୟା ଭଳି ଗୁରୁତର ସମସ୍ୟା ଦେଖା ଦେଇଥାନ୍ତା ଏବଂ ଜୀବନ ପ୍ରତି ବିପଦ ରହିଥାନ୍ତା ବୋଲି ଡା. ଜେନା କହିଛନ୍ତି । ଏଭଳି ହାଇବ୍ରିଡ୍ ଅସ୍ତ୍ରୋପଚାର ପାଇଁ ସାଧାରଣତଃ ୧୪ରୁ ୧୫ଲକ୍ଷ ଟଙ୍କା ଖର୍ଚ୍ଚ ହେଉଥିବା ଓ ଏଥିପାଇଁ ରୋଗୀକୁ ଓଡ଼ିଶା ବାହାରକୁ ଯିବାକୁ ପଡୁଥିବା ବେଳେ କିମ୍‌ସରେ ବିଏସ୍‌କେୱାଇ ଯୋଜନାରେ ମାତ୍ର ୬ଲକ୍ଷ ୫୦ ହଜାର ଟଙ୍କାରେ ସୁଷମାଙ୍କର ଅସ୍ତ୍ରୋପଚାର କରାଯାଇପାରିଲା ବୋଲି ସେ କହିଛନ୍ତି । ଅସ୍ତ୍ରୋପଚାରର ୫ ଦିନ ପରେ ସୁଷମା ସୁସ୍ଥ ହୋଇ ମଙ୍ଗଳବାର ଘରକୁ ଫେରିଛନ୍ତି । କିମ୍‌ସର ଡାକ୍ତରମାନଙ୍କ ଚିକିତ୍ସା ଯୋଗୁଁ ତାଙ୍କର ଜୀବନ ବଞ୍ଚିଗଲା ବୋଲି ସୁଷମା କହିଛନ୍ତି । ଏଥିପାଇଁ କିମ୍‌ସ କର୍ତ୍ତୃପକ୍ଷଙ୍କୁ ଧନ୍ୟବାଦ ଜଣାଇଛନ୍ତି ।

ବଞ୍ଚି ଥାଉ ଥାଉ ବୃଦ୍ଧଙ୍କୁ ମାରିଦେଲା ପ୍ରଶାସନ !

ଭୁବନେଶ୍ୱର,୨।୨(ପି.ଏନ): ବଞ୍ଚିଥିବା ଲୋକଙ୍କୁ ମାରିଦେଲା ପ୍ରଶାସନ ! ରେକର୍ଡପତ୍ରରେ ମୃତ ଦର୍ଶାଇ ମାସକୁ ମାସ ମିଳୁଥିବା ଭତ୍ତା ଟଙ୍କା ବନ୍ଦ କରିଦେଲେ । ଏପରି ଅଭିଯୋଗ ବାଲେଶ୍ୱର ଜିଲ୍ଲା ନୀଳଗିରି ବ୍ଲକ ଅଞ୍ଚଳରୁ ଆସିଛି । ନିଜେ ମୃତ ବୋଲି ବ୍ଲକ ଅଫିସ୍‌ରୁ ଜାଣିବା ପରେ ବୃଦ୍ଧ ଜଣକ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି ।ନୀଳଗିରି ବ୍ଲକ୍ ବରହମପୁର ଗାଁର ବୃଦ୍ଧ ନାରାୟଣ ପାଣି । ବୟସ୍ ୮୩ ହେବ । ଚାଲିବୁଲି ପାରୁ ନାହାନ୍ତି । ମାସିକ ଭତ୍ତା ବାବଦକୁ ତାଙ୍କୁ ମିଳୁଥିଲା ୫୦୦ ଟଙ୍କା । ସେଥିରେ ଔଷଧ ଓ ଅନ୍ୟାନ୍ୟ ଖର୍ଚ୍ଚ କରି ଦୁଃଖେ ସୁଖେ ଚଳିଥିଲେ ନାରାୟଣ ମଉସା । ହେଲେ ବିଡ଼ମ୍ବନାର ବିଷୟ ତାଙ୍କୁ ମୃତ ଦର୍ଶାଇଲେ ପଞ୍ଚାୟତ ପିଇଓ ! ଏପରିକି ତାଙ୍କୁ ମିଳୁଥିବା ଭତ୍ତା ଟଙ୍କା ବନ୍ଦ କରି ଦେଇଛନ୍ତି ।

ପର୍ଯ୍ୟବେକ୍ଷକ ଖବରକାଗଜ ବାର୍ଷିକ ଉତ୍ସବ ଅବସରରେ କ୍ରିପ୍ଟନ ସାଇନ୍ସ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପକ୍ଷରୁ ଅଗଣିତ ପାଠକ ଓ ପାଠିକା ମାନଙ୍କୁ ଅଭିନନ୍ଦନ ଜଣାଉଛି ।

KRYPTON SCIENCE HIGHER SECONDARY SCHOOL
AFFILIATED TO CHSE & RECOGNITION TO S&ME
JRG EDUCATIONAL TRUST



ଟି ଟାଇମ୍

ଇତିହାସରେ ଆଜି ଦିନ

ଆଜିର ଦିନରେ ବିଶ୍ୱ ଇତିହାସରେ ଅନେକ ଘଟଣା ଓ ଦୁର୍ଘଟଣାମାନ ଘଟିଛି । ବହୁ ବରପୁତ୍ର ତଥା ପ୍ରଖ୍ୟାତ କଳାକାର ମଧ୍ୟ ଆଜି ଜନ୍ମ ହୋଇଛନ୍ତି । ଆଜିର ଦିନରେ ଇତିହାସ ପୃଷ୍ଠାରେ କ'ଣକ'ଣ ଘଟଣା ଘଟିଥିଲା ଆସନ୍ତୁ ଜାଣିବା :

❖ ଓହାୟୋର କଲମ୍ବସ ନିକଟସ୍ଥ ଚିଡିଆଖାନାରେ ବନ୍ଦୀ ଅବସ୍ଥାରେ ପ୍ରଥମ ଗରିଲା କୋଲୋରା ଜନ୍ମଲାଭ କରିଥିଲା(୧୯୫୬)

❖ ଆଫଗାନିସ୍ତାନର ମଧ୍ୟବର୍ତ୍ତିକାଳୀନ ସରକାରର ମୁଖ୍ୟ ବୁରାହନୁଦ୍ଦିନ ରବ୍ବାନୀ ରାଷ୍ଟ୍ରପତି ହମିଦ କାରଜାଇଙ୍କୁ କ୍ଷମତା କ୍ଷମତା ହସ୍ତାନ୍ତର କରିଥିଲେ(୨୦୦୧)

❖ ହଡସନ ନଦୀ ଉପରେ ନିର୍ମି ତ ଲିଙ୍କନ ଟନେଲ

❖ ସର୍ବସାଧାରଣଙ୍କ ଯାତାୟତ ପାଇଁ ଖୋଲା ଯାଇଥିଲା(୧୯୩୭)

❖ ବର୍ଲିନର ବ୍ରାଣ୍ଡେନବର୍ଗ ଗେଟ ଖୋଲିଥିଲା, ଏହା ଦୀର୍ଘ ୩୦ ବର୍ଷ ପର୍ଯ୍ୟନ୍ତ ବନ୍ଦ ହୋଇ ରହିଥିଲା(୧୯୮୯)

ପୁରାଣ କାହାଣୀ

ରାମଙ୍କ ପିତୃସତ୍ୟ ପାଳନ

ମନ୍ଥରା କଥାରେ କୈକେୟୀ ରାଜା ଦଶରଥଙ୍କୁ ଏକଦା ପ୍ରତିଜ୍ଞା କରିଥିବା ଦୁଇଟି ବର ପ୍ରଦାନ କରିବା ଛଳରେ ଏହି ଦୁଇ ବର ମାଗିଲେ ଯେ, ରାମ ବାର ବର୍ଷ ପାଇଁ ବନବାସ କରିବାକୁ ଯିବେ ଓ ତାଙ୍କ ପୁତ୍ର ଭରତ ରାଜା ହେବେ। ରାଜା ଦଶରଥ ଅତିଶୟ ଦୁଃଖରେ ତାଙ୍କ ସତ୍ୟ ରକ୍ଷା କଲେ। ଏହା ଶୁଣି ରାମ ଧୀର ଚିତ୍ତରେ ପିତୃ-ସତ୍ୟ ପାଳନ ନିମନ୍ତେ କିଞ୍ଚିତ ଦୁଃଖ ପ୍ରକାଶ କଲେ ନାହି। ରାମଙ୍କର ଏହି ମହନୀୟତା ହିଁ ସାରା ରାମାୟଣରେ ଅନେକ ରୂପରେ ପ୍ରକାଶିତ ହୋଇଛି। ରାମଙ୍କର ଶତ ବାରଣ ସତ୍ତ୍ୱେ,ବନବାସ ବେଳେ ରାମଙ୍କର ଅନୁସରଣ କରିବା ପାଇଁ ଦେବୀ ସୀତା ଏବଂ ଭ୍ରାତା ଲକ୍ଷ୍ମଣ ଇଚ୍ଛା ପ୍ରକାଶ କଲେ। ରାମଙ୍କର ବାରଣର ଉତ୍ତରରେ ସୀତା କହନ୍ତି, ଆପଣଙ୍କ ପାଦ ଯେଉଁ ବନପ୍ରଦେଶରେ ପଡିମ ତାହା ମୋ ପାଇଁ ଅଯୋଧ୍ୟା ଆଉ ଆପଣଙ୍କ ବିନା ଆଯୋଧ୍ୟା ମଧ୍ୟ ମୋ ପାଇଁ ନର୍କ ସଦୃଶ। ଇତି ମଧ୍ୟରେ ଭାରତ, ଟିଏ କି ମାତୃଳଙ୍କ ଗୃହକୁ ବୁଲି ଯାଥିଲେ, ଏଖବର ଶୁଣି ଗଭୀର ଦୁଃଖ ପ୍ରକାଶ କଲେ। ରାଜା ହେବାର ସୁଯୋଗ ପରିତ୍ୟାଗ କରି ସେ ଭ୍ରାତା ରାମଙ୍କୁ ଦେଖା କରିବା ପାଇଁ ସେ ବନ ଗମନ କରି ରାମଙ୍କୁ ଦେଖା କଲେ। ରାମଙ୍କୁ ବହୁତ ଅନୁନୟ ବିନୟ ପୂର୍ବକ ଫେରିଆସିବାକୁ ଏବଂ ରାଜ୍ୟ ଭାର ଗ୍ରହଣ କରିବାକୁ ଆକୁଳ ପ୍ରାର୍ଥନା କଲେ। କିନ୍ତୁ ରାମ ପିତୃ-ସତ୍ୟ ପାଳନ ନିମନ୍ତେ ସମସ୍ତ ଅନୁରୋଧକୁ ପ୍ରତ୍ୟାଖ୍ୟାନ କରି ବନବାସ ପୂର୍ବରୁ ରାଜ୍ୟକୁ ଫେରିବାକୁ ମନା କରିଦେଲେ। ତେବେ ଏକ ବିରଳ ଭ୍ରାତୃ ଭକ୍ତିର ଉଦାହରଣ ସ୍ୱରୂପ ଭରତ ଭ୍ରାତା ରାମଙ୍କ କଠଉ ଯୋଡିକ ମସ୍ତକରେ ଧାରଣ ପୂର୍ବକ ଫେରି ଆସିଲେ ଏବଂ ସିଂହାସନରେ ରାମଙ୍କ କଠଉ ସ୍ଥାପନ ପୂର୍ବକ ରାମଙ୍କ ପ୍ରତିନିଧି ଭାବରେ ରାଜ୍ୟ ଶାସନ କରିବାକୁ ଲାଗିଲେ।

ଆଜିର ଭାଗ୍ୟ

ମେଷ
କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

ବୃଷ
ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

ମିଥୁନ
କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

କର୍କଟ
ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶ୍ରୁତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

ସିଂହ
ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

କନ୍ୟା
ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

ତୁଳା
ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

ବିଛା
ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

ଧନୁ
ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

ମକର
କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

କୁମ୍ଭ
ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

ମୀନ
କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

ପଲ୍ଲୀ କବି ନନ୍ଦ କିଶୋର ବଳ



ଓଡିଶା ସାହିତ୍ୟର ପ୍ରାକ୍- ଆଧୁନିକ କାଳରେ ଜଣେ କବି ଥିଲେ। ସେ ଓଡିଶାର ପୁରପଲ୍ଲୀ ଉପରେ କାବ୍ୟ ରଚନା କରିଥିବାରୁ ତାଙ୍କୁ ପଲ୍ଲୀ କବି ବୋଲି ସମ୍ବୋଧନ କରାଯାଏ।

ସେ ଓଡିଶାର କଟକ ଜିଲ୍ଲା ଅନ୍ତର୍ଗତ କୁସୁପୁର ଗାଆଁରେ ଜନ୍ମଗ୍ରହଣ କରିଥିଲେ। ପିତାଙ୍କ ନାମ ଥିଲା ଭଜନାନନ୍ଦ ଜେନା ଓ ମାତାଙ୍କର ନାମ ହିରଣ୍ମୟୀ ଦେବୀ। ଶୈଶବରେ ସେ "ରସାନନ୍ଦ ଜେନା" ନାମରେ ପରିଚିତ ଥିଲେ। ପିଉସୀ ପୋଷ୍ୟପୁତ୍ର କରିନେବା ପରେ ସେ ନନ୍ଦକିଶୋର ବଳ ଭାବରେ ପରିଚିତ ହେଲେ। ବାଲ୍ୟ ଜୀବନ କୁସୁପୁରରେ ହେଁ କଟିଥିଲା। ଗାଁ ସ୍କୁଲରୁ ଆରମ୍ଭ କରି, ସେ କଟକ ଟାଉନ ସ୍କୁଲ, ରେଭେନ୍ସା କଲିଜିଏଟ ସ୍କୁଲ, କେନ୍ଦ୍ରାପଡା ଉଚ୍ଚ ଇଂରାଜୀ ବିଦ୍ୟାଳୟ ଓ ରେଭେନ୍ସା ମହାବିଦ୍ୟାଳୟରେ ଶିକ୍ଷାଲାଭ କରିଥିଲେ। ଭକ୍ତି କବି ବଧୁସୂଦନ ରାଓଙ୍କ ଦ୍ୱାରା ପ୍ରତିଷ୍ଠିତ କଟକରେ ଟାଉନ ସ୍କୁଲରୁ ନନ୍ଦ କିଶୋର ନିଜର ଚାକିରି ଜୀବନ ଆରମ୍ଭ କରିଥିଲେ। କିଛି ବର୍ଷ ପରେ, ସେ ସ୍କୁଲ ସବ୍‌ଇନସିପେକ୍ଟର ଭାବେ ପଦୋନ୍ନତି ପାଉଥିଲେ। ଏହି ଚାକିରିରେ ବାରମ୍ବାର ଗସ୍ତ ଓ ବଦଳି ଯୋଗୁଁ ତାଙ୍କ ଦେହ ଖରାପ ହେଉଥିଲା। ଏହି କାରଣରୁ ସେ ସ୍ୱେଚ୍ଛାକୃତ ଅବସର ନେଇ ଗାଁରେ ରହିବାକୁ ସ୍ଥିର କରିଥିଲେ। କିନ୍ତୁ ଚିକିତ୍ସା ପାଇଁ ତାଙ୍କୁ ପୁନର୍ବାର କଟକ ଆସିବାକୁ ପଡିଥିଲା। ୧୯୨୮ ମସିହା ଜୁଲାଇ ୧ ତାରିଖରେ ଇହଲିଳା ସମ୍ବରଣ କରିଥିଲେ।

ରଚନାବଳୀନନ୍ଦ କିଶୋର, କଲେଜରେ ପଢ଼ିଲା ବେଳୁହିଁ ପ୍ରବନ୍ଧ ଲେଖିବା ଆରମ୍ଭ କରିଥିଲେ। ନିଜର ପ୍ରଥମ ପ୍ରଥମ ପ୍ରବନ୍ଧକୁ ସେ "ପଲ୍ଲୀ ଚିତ୍ର" ନାମରେ କବିତାର ରୂପ ଦେଇଥିଲେ। ତାଙ୍କର ରଚନାବଳୀରେ ପଲ୍ଲୀ ପ୍ରକୃତିର ସୁନ୍ଦର ବର୍ଣ୍ଣନା ଫୁଟିଉଠିଥାଏ। ପିଲାମାନଙ୍କ ପାଇଁ ତାଙ୍କଦ୍ୱାରା ରଚିତ "ନାନା ବାୟା ଗୀତ" ଓଡିଶାର ପୁରପଲ୍ଲିରେ ବେଶ୍ ପ୍ରଚଳିତ। ସେ ୧୦୦ରୁ ଅଧିକ ସନେଟ ମଧ୍ୟ ଲେଖିଛନ୍ତି। ତାଙ୍କର ସନେଟ ଗୁଡିକ ପ୍ରକୃତି ଓ ଜନଜୀବନର ଛବିରେ ପୁଷ୍ଟ। ୧୯୨୫ରେ ସେ କନକଲତା (ଉପନ୍ୟାସ) ନାମରେ ଉପନ୍ୟାସଟିଏ ମଧ୍ୟ ରଚିଯାଇଛନ୍ତି।

ରଣବୀର-କ୍ୟାଟ୍ରିନାଙ୍କୁ ନେଇ ଚର୍ଚ୍ଚା

ରଣବୀର କପୁର ଓ କ୍ୟାଟ୍ରିନା କୈଫଙ୍କ ଅଭିନୀତ ଫିଲ୍ମ 'ଜଗା ଜାସୁସ୍'ର ପ୍ରଥମ ପୋଷ୍ଟର ରିଲିଜ କରାଯାଇଛି। ୟୁଟିଭି ମୋଶନ ପିକଚର୍ସର ଟ୍ୱିଟରରେ ଏହି ପୋଷ୍ଟର ରିଲିଜ କରାଯାଇଛି। ଯେଉଁଥିରେ ଉଭୟ ରଣବୀର ଓ କ୍ୟାଟ୍ରିନାଙ୍କୁ ଓଟପକ୍ଷୀ ଉପରେ ବସି ଯାଉଥିବାର ଦେଖିବାକୁ ମିଳିଛି। ଦୁଇଜଣଙ୍କ ଲୁକ୍ ମଧ୍ୟ ଖୁବ୍ ମଜାଳିଆ ହୋଇଛି। ଯାହାକୁ ଦେଖିବା ପରେ ଫିଲ୍ମ ରିଲିଜର ଅପେକ୍ଷାରେ ରହିଛନ୍ତି ଦର୍ଶକ। ଫିଲ୍ମକୁ ନେଇ ବ୍ୟଗ୍ରତାର ଅନ୍ୟ ଏକ କାରଣ ହେଉଛି ବ୍ରେକଅପ୍ ପରେ ପୁଣିଥରେ ରଣବୀର ଓ କ୍ୟାଟ୍ରିନାଙ୍କୁ ଏଥିରେ ଏକାଠି ଦେଖିବାକୁ ମିଳିବ। ଯାହା ସେମାନଙ୍କ ପ୍ରଶଂସକଙ୍କ ପାଇଁ ଖୁସିର ମୁହୂର୍ତ୍ତ। ତେବେ ଅନୁରାଗ ବସୁଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟି ଚଳିତ ବର୍ଷ ୨୭ ନଭେମ୍ବରରେ ରିଲିଜ କରାଯାଇଥା'ନ୍ତା। ମାତ୍ର ରଣବୀର ଓ କ୍ୟାଟ୍ରିନାଙ୍କ ବ୍ରେକଅପ୍ ଏବଂ ଦୁଇଜଣଙ୍କ ବ୍ୟସ୍ତ ସିଡ୍ୟୁଲକୁ ନେଇ ଫିଲ୍ମଟି ନିର୍ଦ୍ଧାରିତ ସମୟରେ ଶେଷ ହୋଇପାରିନଥିଲା। ତେଣୁ ଏହାର ରିଲିଜ ଡେଟ୍‌କୁ ଘୁଞ୍ଚାଯାଇ ଆସନ୍ତା ବର୍ଷ ଅପ୍ରେଲ ୭ ତାରିଖକୁ ରଖାଯାଇଛି।

ଉଚ୍ଚ ରକ୍ତଚାପରୁ ରକ୍ଷା କରିବ ଗଭୀର ନିଃଶ୍ୱାସ

ଶରୀରରେ ଯେକୌଣସି ରୋଗର ଉପସ୍ଥିତି ଅଧିକାଂଶ ଲୋକଙ୍କୁ ବହୁତ ଡେରିରେ ଜଣା ପଡ଼ିଥାଏ । ସେଭଳି ଏକ ରୋଗ ହେଉଛି ଉଚ୍ଚ ରକ୍ତଚାପ । ଉଚ୍ଚ ରକ୍ତଚାପକୁ ସାଇଲେଣ୍ଟ କିଲର କୁହାଯାଏ । ଯଦି ଆପଣ ସେଭଳି ସ୍ଥିତିରେ ଗତି କରୁଛନ୍ତି ଓ ଔଷଧପତ୍ର ଖାଇବା ଝାମେଲାରୁ ମୁକୁଳିବାକୁ ଚାହୁଁଛନ୍ତି ତେବେ ଆପଣ ଆପଣଙ୍କ ଲାଇଫ ଷ୍ଟାଇଲକୁ ବଦଳାନ୍ତୁ । ଦୀର୍ଘ ଶ୍ୱାସକ୍ରିୟାରେ ଆରାମ-କିଛି ବ୍ୟକ୍ତିଙ୍କର ରକ୍ତଚାପ ସନ୍ଧ୍ୟା ତୁଳନାରେ ସକାଳ ସମୟରେ ଅଧିକ ଥାଏ । ଏହାର କାରଣ ରାତିରେ ଅମ୍ଳଜାନର ଅଭାବ। ବିପି ନିୟନ୍ତ୍ରଣ ରଖିବା ପାଇଁ ଅମ୍ଳଜାନର ମୁଖ୍ୟ ଭୂମିକା ରହିଛି । ଏଥିପାଇଁ ଦିନବେଳେ ଶାନ୍ତ ପରିବେଶରେ ବସି ୧୦ ରୁ ୧୫ ଥର ପେଟ ଭିତରୁ ଦୀର୍ଘ ନିଃଶ୍ୱାସ ନେବା ଉଚିତ୍ । ଏସ୍‌ଏମ୍‌ଏସ୍ ଡାକ୍ତରଖାନାର ଫିଜିସିଆନ୍ ଡା. ସି.ଏଲ୍.ନବଲଙ୍କ କହିବା ଅନୁସାରେ ଗଭୀର ନିଃଶ୍ୱାସ ପ୍ରଶ୍ୱାସ ନେଲେ ଶରୀରରେ ଅମ୍ଳଜାନ ଓ ରକ୍ତ ସଞ୍ଚାଳନ ସୁଚାରୁ ରୂପେ ହୋଇଥାଏ । ତା'ସହିତ ମାନସିକ ରୂପରେ ଶାନ୍ତି ମିଳିଥାଏ ।

ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚାଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

ବିଲେଇକୁ ମିଳୁଛି ସରକାରୀ ଚାକିରି, ମୋଟା ଦରମା

ଲଣ୍ଡନ ଗୋଟିଏ ପଟେ ଦେଶରେ ବେରୋଜଗାରୀ ସମସ୍ୟା ବୃଦ୍ଧି ପାଉଥିଲା ବେଳେ ଅନ୍ୟପଟେ ଏଠି ବିଲେଇକୁ ପ୍ରଦାନ କରାଯାଉଛି ସରକାରୀ ଚାକିରି ଏବଂ ଚାକିରି ବାବଦରେ ମିଳୁଛି ମୋଟା ଦରମା। ନିକଟରେ ଦେଶର କ୍ୟାବିନେଟ୍ ଦୁଇ ବିଲେଇକୁ ସରକାରୀ ନିଯୁକ୍ତି ପାଇଁ ମଞ୍ଜୁର ଦେଇଛି। ଇବି ଏବଂ ଓସି ନାମକ ଏହି ଦୁଇ ବିଲେଇ ଏବେ ବ୍ରିଟିସ ସରକାରଙ୍କ କ୍ୟାବିନେଟ୍ କାର୍ଯ୍ୟାଳୟରେ ଚାକିରି କରୁଛନ୍ତି। ବିଲେଇଙ୍କୁ ନିଯୁକ୍ତି ଦିଆଯିବା ପୂର୍ବରୁ ବିଧିବଦ୍ଧ ଭାବେ ବିଜ୍ଞାପନ ଦିଆଯାଇଥିଲା। ବିଜ୍ଞାପନରେ ସେମାନଙ୍କର ଯୋଗ୍ୟତା ସହ ବାୟୋଡାଟା ମଧ୍ୟ ମଗାଯାଇଥିଲା। ଏହି ନିଯୁକ୍ତି ପାଇଁ ଅନେକ ଆବେଦନ ପତ୍ର ମିଳିଥିଲା ବେଳେ ଦକ୍ଷତାକୁ ଦୃଷ୍ଟିରେ ରଖି ଦୁଇ ବିଲେଇଙ୍କୁ ନିଯୁକ୍ତି ଦିଆଯାଇଛି। ଏମାନଙ୍କର ଦାୟିତ୍ୱ ହେଉଛି କ୍ୟାବିନେଟ୍ କାର୍ଯ୍ୟାଳୟରୁ ମୂଷା ମାରିବା। ଗତକିଛି ବର୍ଷ ଧରି ଏଠାର କ୍ୟାବିନେଟ୍ କାର୍ଯ୍ୟାଳୟରେ ମୂଷାଙ୍କ ଉତ୍ପାତ ବୃଦ୍ଧି ପାଉଥିଲା ବେଳେ ସେମାନଙ୍କ ଦ୍ୱାରା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ନଷ୍ଟ ହେବାରେ ଲାଗିଛି। ଯେଉଁ କାରଣରୁ ସରକାର ବାଧରେ ମୂଷା ନିୟନ୍ତ୍ରଣ ପାଇଁ ବିଲେଇ ନିଯୁକ୍ତି ଦେଇଛନ୍ତି।

ଶୀତ ଋତୁରେ ରୋଗ ବେଶୀ

ଶୀତଋତୁ ଆସିଲେ ବିଭିନ୍ନ ପ୍ରକାର ରୋଗ ମଧ୍ୟ ସାଙ୍ଗରେ ଆଣି ଆସିଥାଏ । ଯେପରି ଥଣ୍ଡା, ସଂକ୍ରମଣ, ତ୍ୱଚା ଫାଟିବା ଇତ୍ୟାଦି । କେତେକ ଲୋକଙ୍କର ଭାବନା ରହିଥାଏ କି ସନସ୍କ୍ରିନ୍‌ର ପ୍ରୟୋଗ କେବଳ ଗ୍ରୀଷ୍ମ ଦିନମାନଙ୍କରେ କରାଯାଇଥାଏ କିନ୍ତୁ ଏପରି ଭାବିବା ସମ୍ପୂର୍ଣ୍ଣ ରୂପେ ଭୁଲ୍ । ଥଣ୍ଡା ଦିନମାନଙ୍କରେ ସୂର୍ଯ୍ୟ ଭୂପୃଷ୍ଠର ସବୁଠାରୁ ନିକଟତର ହୋଇଥାନ୍ତି । ଏଥିପାଇଁ ସୂର୍ଯ୍ୟଙ୍କ କିରଣ ଅଧିକ କ୍ଷତି ପହଞ୍ଚାଇଥାଏ । ଥଣ୍ଡା ଦିନମାନଙ୍କରେ କସରତ କରିବା କ୍ଷତିକାର ହୋଇପାରେ । ଏପରି ଭାବିବା ବିଲ୍‌କୁଲ୍ ଭୁଲ୍ । ବାସ୍ ଏହି କଥାର ଧ୍ୟାନ ରଖନ୍ତୁ କି ବାହାରକୁ ବାହାରିବା ପୂର୍ବରୁ ନିଜକୁ ଥଣ୍ଡାରୁ ବଞ୍ଚେଇବାର ସମସ୍ତ ଉପାୟକୁ ସାଙ୍ଗରେ ଧରି ଯାଆନ୍ତୁ । ଥଣ୍ଡା ଦିନମାନଙ୍କରେ ମଦ୍ୟପାନ କରିବା ଦ୍ୱାରା ଶରୀର ଗରମ ପହଞ୍ଚାଇଥାଏ ବୋଲି ଅନେକଙ୍କର ଭାବନା ରହିଥାଏ । କିନ୍ତୁ ବାସ୍ତବରେ ଏହା ଅଳ୍ପ କିଛି ସମୟ ପାଇଁ ଆପଣଙ୍କ ଶରୀରକୁ ଗରମ ରଖିଥାଏ । ଲମ୍ବା ସମୟ ପର୍ଯ୍ୟନ୍ତ ଏହା କାମ କରିନଥାଏ । ଅଧିକ ସମୟ ପର୍ଯ୍ୟନ୍ତ ଥଣ୍ଡାରେ ଘରଠୁ ବାହାରେ ରହିବା ଦ୍ୱାରା ରୋଗ ଆକ୍ରାନ୍ତ ହେବାର ଆଶଙ୍କା ଅଧିକ ରହିଥାଏ । ଏପରି ବିଲ୍‌କୁଲ୍ ନୁହେଁ । ଏହି ମୌସୁମୀରେ ଥଣ୍ଡା, କାଶ, କେବଳ ବ୍ୟାକ୍ଟେରିୟା ଏବଂ ସଂକ୍ରମଣ କାରଣରୁ ହିଁ ହୋଇଥାଏ । ଥଣ୍ଡା ମୌସୁମିରେ ଅଧିକ ଚିନ୍ତା ରହିଥାଏ । ଭିଟାମିନ୍ ସି ଇମ୍ୟୁନିଟିକୁ ବଢେଇଥାଏ ଏବଂ ଥଣ୍ଡା ଦିନମାନଙ୍କରେ ହେଉଥିବା ରୋଗ ମାନଙ୍କଠାରୁ ବଞ୍ଚେଇଥାଏ ।

ବିହାର ମେଂଟ ପ୍ରତି ଚ୍ୟାଲେଞ୍ଜୀ

ବିହାରରେ ପୁଣି ନୀତିଶ ତେଜସ୍ୱୀ ଯୁଗ ଆରମ୍ଭ ହୋଇଛି । ବିଧାନସଭାରେ ଅନୁଷ୍ଠିତ ଆସ୍ଥା ଭୋଟରେ ଆରଜେଡି ଜେଡିୟୁ ସରକାର ବହୁ ଭୋଟରେ ବିଜୟୀ ହୋଇଛି । କହିବା ବାହୁଲ୍ୟ ଯେ, ତଥା ଗତ ଆଠ ବର୍ଷ ମଧ୍ୟରେ କେନ୍ଦ୍ରରେ କ୍ଷମତାସୀନ ବିଜେପି କର୍ଣ୍ଣାଟକଠାରୁ ଆରମ୍ଭ କରି ମହାରାଷ୍ଟ୍ର ପର୍ଯ୍ୟନ୍ତ ବହୁ ବିରୋଧିଦଳ ସରକାର ବିଭାଜନ ଘଟାଇ କ୍ଷମତା ଦଖଲ କରିଥିବାବେଳେ ପ୍ରଥମ ଥର ପାଇଁ ବିହାରରେ ବିଜେପି ମେଂଟ ସରକାରଙ୍କୁ ଭାଙ୍ଗି ଜେଡିୟୁ-ଆରଜେଡି ମେଂଟ କ୍ଷମତାସୀନ ହୋଇଛି । ସ୍ମରଣଯୋଗ୍ୟ ଯେ, ଅତୀତରେ ଅର୍ଥାତ୍ ତିନିବର୍ଷ ତଳେ ଜେଡିୟୁ-ଆରଜେଡି ମେଂଟ ସରକାରର ପତନ ଘଟି ବିଜେପି-ଜେଡିୟୁ ସରକାର କ୍ଷମତାସୀନ ହୋଇଥିଲା । ଉଲ୍ଲେଖ କରାଯାଇପାରେ ଯେ, ନବଗଠିତ ଜେଡିୟୁ-ଆରଜେଡି ମେଂଟ ସରକାର ବିଧାନସଭାରେ ଆସ୍ଥା ଭୋଟରେ ବହୁ ଭୋଟରେ ବିଜୟୀ ହୋଇଥିବା ସତ୍ତ୍ୱେ ପ୍ରକୃତ ରାଜନୈତିକ ଶକ୍ତି ପରୀକ୍ଷା ଏବେଠାରୁ ଆରମ୍ଭ ହୋଇଛି ବୋଲି କୁହାଯିବ । ଏହା ନିଶ୍ଚିତ ଯେ, କେନ୍ଦ୍ର ସହ ଗୋଟିଏ ପରେ ଗୋଟିଏ ରାଜ୍ୟରେ କ୍ଷମତା ଅକ୍ତିଆର କରି ଚାଲିଥିବା ବିଜେପି ବିହାରରେ କ୍ଷମତାଚ୍ୟୁତ ହେବାପରେ ନୀରବରେ ବସି ରହିପାରିବ ନାହିଁ । ଏହା ବିଧାନସଭାରେ ଶକ୍ତି ପରୀକ୍ଷା ଦିନ ହିଁ ସଂକେତ ପ୍ରଦାନ କରିଛି । ବିଧାନସଭାରେ ମୁଖ୍ୟମନ୍ତ୍ରୀ ନୀତିଶ କୁମାର ଆସ୍ଥା ପରୀକ୍ଷା ଦେଉଥିବା ବେଳେ ଅନ୍ୟପଟେ ୟୁପିଏର ପ୍ରଥମ ପାଳି ସରକାରରେ ଆରଜେଡି ସୁପ୍ରିମୋ ଲାଲୁ ପ୍ରସାଦ ଯାଦବ ରେଳବାଇ ମନ୍ତ୍ରୀ ଥିବାବେଳେ ବହୁଚର୍ଚ୍ଚିତ ଲ୍ୟାଣ୍ଡ ଫର ଜବସ୍ (ଜମି ପାଇଁ ନିଯୁକ୍ତି) ଦୁର୍ନୀତି ମାମଲାରେ ସିବିଆଇ ଆରଜେଡିର କେତେକ ନେତାଙ୍କ ବାସଭବନରେ ଚଢାଉ କରିଥିଲା । ସିବିଆଇ ଚଢାଉର ସମ୍ମୁଖୀନ ହୋଇଥିବା ନେତାଙ୍କ ମଧ୍ୟରୁ କିଏ ଅପରାଧୀ, କିଏ ନିର୍ଦ୍ଦୋଷ, ତାହା ଭବିଷ୍ୟତରେ ଆଇନ କହିବ । ତେବେ ବିରୋଧୀଙ୍କ ବିରୁଦ୍ଧରେ ଚଢାଉ ଯେଉଁ ସମୟରେ ହୋଇଛି ବା ବିରୋଧୀଙ୍କୁ ଟାର୍ଗେଟ ଯେଉଁ ସମୟରେ କରାଯାଇଛି, ସେଥିରୁ ବିଜେପି କେତେ ପ୍ରତିଶୋଧ-ପରାୟଣ, ତାହା ସ୍ପଷ୍ଟ ଅନୁମାନ କରାଯାଇପାରେ । କେବଳ ନୀତିଶଙ୍କ ନେତୃତ୍ୱରେ ପରିଚାଳିତ ମହାଗଠବନ୍ଧନ ସରକାର ନୁହେଁ, ଉପମୁଖ୍ୟମନ୍ତ୍ରୀ ତେଜସ୍ୱୀ ଯାଦବଙ୍କ ପ୍ରତି ମଧ୍ୟ ପ୍ରତିଶୋଧପରାୟଣ କାର୍ଯ୍ୟାନ୍ୱୟନ ବଢିବା କିଛି ଅସ୍ୱାଭାବିକ ନୁହେଁ । ତେବେ ତିନୋଟି ଚ୍ୟାଲେଞ୍ଜ ଏବେ ଜେଡିୟୁ-ଆରଜେଡି ସରକାରଙ୍କ ପ୍ରତି ରହିଛି । ଏହାକୁ ମୁକାବିଲା କରିବା ପାଇଁ ଉଭୟ ଦଳ ପ୍ରଥମତଃ ଏକ ଏବଂ ଏକମନ, ଏକପ୍ରାଣ ହୋଇ ରହିବା ଜରୁରୀ । ସେହିପରି ଯେଉଁସବୁ ଅଂଚଳରେ ଯେଉଁ ଦଳର ପ୍ରଭାବ ରହିଛି, ସେଠାରେ ପରସ୍ପର ସହ ବୁଝାମଣା କରିବାକୁ ହେବ । ତୃତୀୟଟି ହେଉଛି ବିହାରର ଜନସାଧାରଣଙ୍କ ହୃଦୟ ଜିତିବା ପାଇଁ ସୁଶାସନ ଏବଂ ଜନହିତକର କାର୍ଯ୍ୟକ୍ରମ ହାତକୁ ନେବା । ଏହା ସତ୍ୟ ଯେ, ଉଭୟ ଦଳ ପୁରୁଣା ମଣ୍ଡଳ ଦଳ ତଥା ଜନତାଦଳରୁ ଆସିଥିବା ଯୋଗୁ ବିହାରରେ ବିଜେପିର ଏକ ଶକ୍ତିଶାଳୀ ବିକଳ୍ପ ଭାବେ ଉଭା ହୋଇଛି । ଅତୀତରେ ୨୦୧୫ ବିଧାନସଭା ନିର୍ବାଚନରେ ଜେଡିୟୁ- ଆରଜେଡି ମେଂଟ ବିଜେପିକୁ ଧୂଳି ଚଟାଇ ବିହାରରେ କ୍ଷମତାସୀନ ହୋଇଥିଲା । ଉଭୟ ଦଳର ସାମାଜିକ ସ୍ଥିତି ସମାନ ଥିବା ବେଳେ ଆଦର୍ଶଗତ ସାମଞ୍ଜସ୍ୟ ମଧ୍ୟ ରହିଛି । ୨୦୧୫ରେ ମେଂଟ ସରକାର ଦୁଇବର୍ଷ ସୁରୁଖୁରୁରେ କାର୍ଯ୍ୟ କରିଥିବାବେଳେ ଦୁର୍ନୀତିକୁ ନେଇ ମେଂଟ ଭାଙ୍ଗି ଯାଇଥିଲା । ପୂର୍ବରୁ ସମସ୍ତ ତିକ୍ତତା, ମାନ, ଅଭିମାନକୁ ଭୁଲି ଉଭୟ ଦଳ ଏକତ୍ର କାର୍ଯ୍ୟ କରିବା ଉଚିତ୍ । ଯାହାକି ବିଜେପିର ଯଥାର୍ଥ ମୁକାବିଲା କରିପାରିବ । ସେହି ଯେଉଁ ଅଂଚଳରେ ଯେଉଁ ଦଳର ପ୍ରଭାବ ରହିଛି, ସେଠାରେ ଉଭୟ ଦଳର ନେତା ଓ କର୍ମୀମାନେ ମିଳିମିଶି କାର୍ଯ୍ୟ କରିପାରିଲେ, କେବଳ ମେଂଟ ସୁଦୃଢ ହେବନାହିଁ, ଜନସାଧାରଣଙ୍କର ମଧ୍ୟ ହିତ ସାଧନ ହୋଇପାରିବ । ଏହା ସତ୍ୟ ଯେ, ନୀତିଶ କୁମାରଙ୍କ ନିର୍ମଳ ଭାବମୂର୍ତ୍ତି ତାଙ୍କୁ ଜଣେ ଜାତୀୟସ୍ତରର ନେତାଭାବେ ପ୍ରତିଷ୍ଠିତ କରିଥିବା ବେଳେ ତେଜସ୍ୱୀଙ୍କ ପ୍ରତି ଯୁବଗୋଷ୍ଠୀର ଆକର୍ଷଣ ବଢିବାରେ ଲାଗିଛି । ନିକଟରେ ନବନିଯୁକ୍ତ ମନ୍ତ୍ରୀମାନଙ୍କୁ ନୂଆ ଗାଡି ନ କିଣିବା, କାହାରିକୁ ପାଦ ଛୁଇଁବାକୁ ନଦେବା ପାଇଁ ତେଜସ୍ୱୀ ଯେଉଁ ପରାମର୍ଶ ଦେଇଛନ୍ତି, ତାହା ପ୍ରଣିଧାନଯୋଗ୍ୟ । ତେବେ ମୁଖ୍ୟ ଚ୍ୟାଲେଞ୍ଜ ହେଉଛି ବିହାରରେ ବେକାରୀ ସମସ୍ୟା ବୃଦ୍ଧି । ବେକାର ଯୁବକ-ଯୁବତୀଙ୍କୁ କର୍ମନିଯୁକ୍ତି ଯୋଗାଇଦେବା ପାଇଁ ମେଂଟ ସରକାରର ମୁଖ୍ୟ ଆଭିମୁଖ୍ୟ ରହିବା ଆବଶ୍ୟକ ।

ସୌଭାଗ୍ୟରଂଜନ ମହାନ୍ତି (ରାଜା), ସମ୍ମାନ ଭବନ, ପ୍ଲଟ ନଂ-୫୮/୩୫୮୧, ଗାଙ୍ଗୋତ୍ରୀ ନଗର, ରୋଡ ନଂ-୩, ଶିଶୁପାଳଗଡ,-୭୫୧୦୦୨, ମୋବାଇଲ ନଂ-୯୪୩୭୯୯୪୩୭୯

ଶକ୍ତି ଉପାସନାର ସ୍ଥଳ ତୀର୍ଥରାଜ ପ୍ରୟାଗ

ପୁଣ୍ୟଭୂମି ଭାରତ ବର୍ଷର ଉତ୍ତରରୁ ଦକ୍ଷିଣ ପର୍ଯ୍ୟନ୍ତ ସାରା ଭାରତରେ ଶକ୍ତିଙ୍କର ଅସଂଖ୍ୟ ଉପାସନା ଓ ଅର୍ଚ୍ଚନା ସ୍ଥଳୀ ରହିଛି । ସେଗୁଡ଼ିକ ମଧ୍ୟରେ ତୀର୍ଥରାଜ ପ୍ରୟାଗ ଶକ୍ତି ଉପାସନାର ପ୍ରମୁଖ ସ୍ଥଳ ଭାବରେ ପରିଚିତ । ମୁଖ୍ୟତଃ ୫୧ ଟି ମହାପୀଠର ବିଶେଷ ଗୁରୁତ୍ୱ ରହିଛି ।

ହିନ୍ଦୁ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ମା' ଶକ୍ତିଙ୍କୁ ନିଜର ଝିଅ(ସତୀ) ରୂପରେ ପାଇବା ପରେ ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ । ଦକ୍ଷରାଜଙ୍କ ରାଗ ଚରମ ସୀମାରେ ପହଂଚିଗଲା । ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ଏକ ଯଜ୍ଞର ଆୟୋଜନ କଲେ । ଝିଅ ମାତା ସତୀ ଓ ଜ୍ୱାଇଁ ଭଗବାନ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ । ମାତା ସତୀ ସ୍ୱଂୟ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚିଲେ । ଦକ୍ଷ ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ । ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ । ତ୍ରିକାଳଦର୍ଶୀ ଭଗବାନ ଶିବ ଏ ଖବର ଜାଣି ସେଠାରେ ପହଂଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ । ଭଗବାନ ବିଷ୍ଣୁ ଅନୁଭବ କଲେ ଯେ, ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଶିବ ଶାନ୍ତ ହେବେ ନାହିଁ । ସଙ୍ଗେସଙ୍ଗେ ଶିବ ଧରିଥିବା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି

ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ । କିଛି ସମୟ ମଧ୍ୟରେ ମା'ସତୀଙ୍କ ଶରୀର ଖଣ୍ଡ ବିଖଣ୍ଡିତ ହୋଇଗଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ବିଭିନ୍ନ ସ୍ଥାନରେ ବିଂଚି ହୋଇ ପଡ଼ିଲା । ଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସହ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡ ଗୁଡ଼ିକୁ ସୁରକ୍ଷା ଦେବା ପାଇଁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ବ୍ରହ୍ମା । ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ । ତେବେ ପ୍ରୟାଗରେ ଏପରି ୩ଟି ସ୍ଥାନ ରହିଛି, ଯେଉଁ ସ୍ଥାନ ମାନଙ୍କରେ ମାତା ସତୀଙ୍କର ଅଙ୍ଗ ଖଣ୍ଡ ଗୁଡ଼ିକ

ପଡ଼ିଥିଲା । ଏଠାରେ ମାତା ଲଳିତା ଦେବୀ, ମାତା କଲ୍ୟାଣୀ ଦେବୀ ଓ ମାତା ଅଲୋପଶଙ୍କରୀ ଦେବୀ ରହିଛନ୍ତି । ଏହି ଶକ୍ତିପୀଠ ଗୁଡ଼ିକରେ ପୂଜା ଏବଂ ଦର୍ଶନ କରିବାକୁ ଦୂରଦୂରାନ୍ତରୁ ବହୁ ସଂଖ୍ୟାରେ ଭକ୍ତ ଓ ଶ୍ରଦ୍ଧାଳୁ ମାନେ ଆସିଥାନ୍ତି । ନବରାତ୍ରରେ ପ୍ରତି ମନ୍ଦିରରେ ବିଶେଷ ପୂଜା ଓ ଅନୁଷ୍ଠାନ ହୋଇଥାଏ । ଏହି ଉତ୍ସବରେ ପ୍ରତିଦିନ ଶହ ଶହ ଭକ୍ତ ସାମିଲ ହୋଇଥାନ୍ତି ।

ଯମୁନା ନଦୀ କୂଳରେ ମୀରପୁର ସ୍ଥିତ ମା' ଲଳିତାଙ୍କ ଏହି ପ୍ରାଚୀନ ମହା ଶକ୍ତିପୀଠ ମନ୍ଦିରରେ ମାତା ସତୀଙ୍କ ହାତର ଅଙ୍ଗୁଳି ପଡ଼ିଥିଲା । ସେହି ସ୍ଥାନରେ ମା'ଭଗବତୀ, ମହାକାଳୀ, ମହାଲକ୍ଷ୍ମୀ ଓ ମହା ସରସ୍ୱତୀ ରୂପରେ ଅଧିଷ୍ଠିତ ଅଛନ୍ତି । ଏହି ମନ୍ଦିରରେ ପ୍ରବେଶ କରିବା ମାତ୍ରେ ନିଜ ଭିତରେ ଦିବ୍ୟ ଶକ୍ତିର ଅନୁଭବ ହୋଇଥାଏ । ମାତାଙ୍କର ଡ଼ାହାଣ ହାତରେ ସଂକଟ ମୋଚନ ହନୁମାନ, ରାମ, ଲକ୍ଷ୍ମଣ, ସୀତା ଓ ନବଗ୍ରହ ମାନଙ୍କର ଦିବ୍ୟ ମୂର୍ତ୍ତି ମାନ ସ୍ଥାପିତ ହୋଇଛି । ମନ୍ଦିର ଭିତରେ ରାଧା-କୃଷ୍ଣଙ୍କର ଭବ୍ୟ ମୂର୍ତ୍ତି ଗୁଡ଼ିକ ଭକ୍ତ ମାନଙ୍କର ମନ ମୋହିନିଏ । ନବରାତ୍ର ବେଳେ ଫୁଲ ଓ ଅଳଙ୍କାରରେ ମାତାଙ୍କର ଶୃଙ୍ଗାର କରା ଯାଇଥାଏ ।

ମାତା ଲଳିତା ଦେବୀଙ୍କ ଭଳି ମାତା କଲ୍ୟାଣୀ ଦେବୀ ମନ୍ଦିରରେ ମଧ୍ୟ ମାତା ସତୀଙ୍କ ଅଙ୍ଗୁଳି ଖଣ୍ଡ ପଡ଼ିଥିଲା । ମତ୍ସ୍ୟ ପୁରାଣର ୧୩ଶ ଅଧ୍ୟାୟରେ ଯେଉଁ ୧୦୮ ପୀଠର ବର୍ଣ୍ଣନା ହୋଇଛି, ସେଥିରେ କଲ୍ୟାଣୀ ଲଳିତାଙ୍କ ନାମ ସର୍ବ ପ୍ରଥମେ ଆସିଛି । ମହର୍ଷି ୟାଗ୍ୟେଲ୍କ୍ୟ ଆରାଧାନା ପାଇଁ ଏହି ସ୍ଥାନକୁ ପସନ୍ଦ କରିଥିଲେ । ଏଠାରେ ମାତା କଲ୍ୟାଣୀ ଚତୁର୍ଭୁଜ ରୂପରେ ସିଂହ ଉପରେ ବସି ବିଦ୍ୟମାନ ଅଛନ୍ତି । ମୂର୍ତ୍ତିର ଶୀର୍ଷରେ ଆଭାଚକ୍ର ରହିଛି, ମସ୍ତକ ଉପରେ ଯୋନୀ, ଲିଙ୍ଗ ଏବଂ ଫଣୀନ୍ଦ୍ର ଶୋଭା ପାଉଛି । ଦକ୍ଷିଣ ଭାଗରେ ଦେବାଧିଦେବ ମହାଦେବ ଓ ଗଜାନନ ଗଣେଷଙ୍କର ମନୋରମ ପ୍ରତିମା ସ୍ଥାପିତ ହୋଇଛି ।

ମାତା ଅଲୋପଶଙ୍କରୀଙ୍କ ଭିତରେ ଲୋପ ହୋଇ ଯାଇଛନ୍ତି । ସଂଗମଠାରୁ କିଛି ଦୂରରେ ଅବସ୍ଥିତ ମାତା ଅଲୋପଶଙ୍କରୀଙ୍କ ପ୍ରାଚୀନ ସିଦ୍ଧପୀଠ ହେଉଛି ମନ୍ଦିର । ପୁରାଣ ଅନୁସାରେ ଏଠାରେ ମାତା ସତୀଙ୍କର ଯେଉଁ ଅଙ୍ଗ ପଡ଼ିଥିଲା, ତାହା ଲୋପ ହୋଇଗଲା । ଏହି କାରଣରୁ ମା'ଭଗବତୀଙ୍କ ପୂଜା ଅଲୋପଶଙ୍କରୀଙ୍କ ରୂପରେ ହୋଇଥାଏ । ନବରାତ୍ର ବ୍ୟତୀତ ସୋମବାର ଓ ଶୁକ୍ରବାର ଏଠାରେ ବିଶାଳ ମେଳା ବସିଥାଏ । ପୁରାଣରେ କ୍ଷମା ମାତାଙ୍କ ମନ୍ଦିର ସଂପର୍କରେ ବ୍ୟାପକ ବର୍ଣ୍ଣନା କରାଯାଇଛି । ଏଠାରେ ମା' ଭଗବତୀ ଚନ୍ଦ୍ରଘଣ୍ଟା ରୂପରେ ଅଧିଷ୍ଠିତ ଅଛନ୍ତି । ସାରା ଦୁନିଆର ଏହା ଏକମାତ୍ର ମନ୍ଦିର, ଯେଉଁଠି ମା'ଦୁର୍ଗାଙ୍କର ନଅଟି ସ୍ୱରୂପକୁ ଏକ ସଙ୍ଗରେ

ଦର୍ଶନ କରାଯାଇ ଥାଏ । ସଚ୍ଚା ହୃଦୟରେ ମା'ଙ୍କ ଦର୍ଶନ ମାତ୍ରେ ହିଁ ମଣିଷକୁ ସମସ୍ତ ମାନସିକ ଓ ଶାରୀରିକ ଯନ୍ତ୍ରଣାରୁ ମୁକ୍ତି ମିଳିଥାଏ । ନବରାତ୍ର ବେଳେ ପ୍ରତିଦିନ ଦେବୀଙ୍କର ଭିନ୍ନ ଭିନ୍ନ ସ୍ୱରୂପର ବିଶେଷ ଶୃଙ୍ଗାର କରାଯାଇଥାଏ । ସିଦ୍ଧପୀଠ ବ୍ୟତୀତ ସହରର ମସୁରିଆ ଦେବୀ, ଶୀତଳା ମାତା, ଅଷ୍ଟଭୁଜା ଦେବୀ, କାଳୀ ମାତା ଆଦି ମନ୍ଦିରରେ ପ୍ରତିଦିନ ସକାଳ ଓ ସଂଧ୍ୟାରେ ବସ୍ତ୍ର, ଅଳଙ୍କାର ଓ ଫୁଲରେ ମାତାଙ୍କ ଦିବ୍ୟ ସ୍ୱରୂପର ଶୃଙ୍ଗାର କରାଯାଇ ସାମୁହିକ ଆଳତୀ ହୋଇଥାଏ । ନବରାତ୍ର ଉତ୍ସବ ସମୟରେ ନିଜର ମନୋ କାମନା ପୂରଣ ପାଇଁ ଭକ୍ତ ମାନେ ବ୍ରତ ସହ ଶକ୍ତି ସ୍ୱରୂପା ମା' ଭଗବତୀଙ୍କ ଆରାଧନା କରିଥାନ୍ତି । ଯଦ୍ୱାରା ଭକ୍ତମାନଙ୍କର ମନୋସ୍କାମନା ଅତିଶୀଘ୍ର ପୂରଣ ହୋଇଥାଏ ବୋଲି ବିଶ୍ୱାସ ରହିଛି ।

ଶରତ କୁମାର ରାଉତ, ଭୁବନେଶ୍ୱର, ମୋ: ୯୩୩୭୩୬୯୪୪୮/୯୪୩୭୪୪୧୦୭୨

ଜାତୀୟ ପତାକାର ଅପବ୍ୟବହାର ଓ ଅବମାନନାକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି କଲା କଂଗ୍ରେସ

ଭୁବନେଶ୍ୱର (ପିଏନ୍)-ଜାତୀୟ ପତାକାକୁ ସମ୍ମାନ କରିବା ଏବଂ ଜାତୀୟ ପତାକାର ମାନ ଓ ଗୌରବକୁ ରକ୍ଷା କରିବା ହେଉଛି ପ୍ରତ୍ୟେକ ଭାରତୀୟ ନାଗରିକଙ୍କର ପରମ କର୍ତବ୍ୟ । ଏହାହିଁ ଭାରତୀୟ ସମ୍ବିଧାନ ପ୍ରତି ଆମର ନିଷ୍ଠା । ସମ୍ବିଧାନର ଧାରା ୫୧-ଏ ରେ ଏହା ସିଧାସଳଖ କୁହାଯାଇଥିଲେ ମଧ୍ୟ କଟକ ଇଣ୍ଡୋର ଷ୍ଟାଡିୟମରେ ପ୍ରଜାତନ୍ତ୍ରର ପ୍ରତିଷ୍ଠା ଉତ୍ସବରେ ଖୋଦ କେନ୍ଦ୍ର ଗୃହମନ୍ତ୍ରୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ, ରାଜ୍ୟ ମୁଖ୍ୟମନ୍ତ୍ରୀ ଏବଂ ସାଂସଦ ଓ ଉଭୟ ଦଳର ତୃଙ୍ଗ ନେତୃବୃନ୍ଦ ଉପସ୍ଥିତ ଥାଇ ମଧ୍ୟ ଭାରତର ଜାତୀୟ ପତାକାର ଅପବ୍ୟବହାର ହେବା ସହିତ ଜାତୀୟ ପତାକାକୁ ଅପମାନିତ କରାଯାଇଥିଲା ବୋଲି କଂଗ୍ରେସ ଭବନରେ ଆହୂତ ଏକ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ଅର୍ଥମନ୍ତ୍ରୀ ତଥା ବରିଷ୍ଠ କଂଗ୍ରେସ ନେତା ଶ୍ରୀ ପଂଚାନନ କାନୁନଗୋ କହିଥିଲେ । ସ୍ୱାଧୀନତାର ୭୫ବର୍ଷ ପୂର୍ତି ପାଳନ ଅବସରରେ ଖୋଦ୍ ପ୍ରଧାନମନ୍ତ୍ରୀ ଘର ଘର ମେ ତ୍ରିରଙ୍ଗା ଉଡ଼ିବାର ବାର୍ତା ଦେଉଥିଲା ବେଳେ ଖୋଦ କେନ୍ଦ୍ର ଗୃହମନ୍ତ୍ରୀ ଏବଂ ଶିକ୍ଷାମନ୍ତ୍ରୀଙ୍କ ସମ୍ମୁଖରେ ଜାତୀୟ ପତାକାକୁ ବ୍ୟାଗ କରି ଖାଦ୍ୟ ପୁଡ଼ିଆ ବୁହାଯାଉଥିଲା । ସଭାଗୃହରେ ବହୁ ସ୍ଥାନରେ ଜାତୀୟ ପତାକା ତଳେ ପଡ଼ିରହିଥିବାର ଚିତ୍ର ସମସ୍ତ ସାମାଜିକ ଗଣମାଧ୍ୟମ ଓ ବୈଦ୍ୟୁତିକ ଗଣମାଧ୍ୟମରେ ପ୍ରଚାରିତ ହେଲାପରେ ମଧ୍ୟ ନା କେନ୍ଦ୍ର ସରକାର ନା ରାଜ୍ୟ ସରକାର କେହି ଏହା ବିରୋଧରେ ପଦୁଟିଏ ଉଚ୍ଚାରଣ କଲେ ନାହିଁ । ଏହା ଜାତୀୟ ପତାକା ସମ୍ମାନ ନିୟମ ୧୯୭୧ ଉପଧାରା-୨କୁ ସଂପୂର୍ଣ୍ଣ ଉଲଙ୍ଘନ କରୁଥିଲା ବେଳେ କାହିଁକି ଖୋଦ୍ ମୁଖ୍ୟମନ୍ତ୍ରୀ, ସାଂସଦ ଓ କେନ୍ଦ୍ରମନ୍ତ୍ରୀ ଅମିତ ଶାହା, ଧର୍ମେନ୍ଦ୍ର ପ୍ରଧାନ ଚୁପ ରହିଲେ । ଯେହେତୁ ଦୀର୍ଘ ୫୨ ବର୍ଷ ଧରି ଜାତୀୟ ପତାକାକୁ ଆରଏସଏସ ନିଜ କାର୍ଯ୍ୟାଳୟରେ ଉଡ଼ାଇନାହିଁ ସେହିଦୃଷ୍ଟିରୁ କେନ୍ଦ୍ରମନ୍ତ୍ରୀ ଅମିତ ଶାହା ଓ ଧର୍ମେନ୍ଦ୍ର ପ୍ରଧାନ ଚୁପ ରହି ତାଙ୍କର ଇଚ୍ଛାକୁ ପୂରଣ କଲେ କି ? ପ୍ରଦେଶ କଂଗ୍ରେସ ରାଜ୍ୟ ସରକାରଙ୍କ ପାଖରେ ଦାବି କରୁଛି ଯେ ଯେଉଁମାନଙ୍କର ଫଟୋ ଜାତୀୟ ପତାକାକୁ ଅବମାନନା କରୁଥିବାର ଉତୋଳିତ ହୋଇଛି ଏବଂ ଯେଉଁ ପଦାଧିକାରୀ ଓ ନେତୃବୃନ୍ଦ ଜାତୀୟ ପତାକାକୁ ଖାଦ୍ୟ ପୁଡ଼ିଆ ବ୍ୟାଗ କରି ଦେଇଛନ୍ତି, ସେମାନଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ଏବଂ ଗିରଫ କରି ଜେଲ ପଠାଯାଉ । ତତ୍‌ସହିତ କେନ୍ଦ୍ରମନ୍ତ୍ରୀଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ । ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ପ୍ରଦେଶ କଂଗ୍ରେସ ମୁଖପାତ୍ର ଶ୍ରୀ ରଜନୀ କୁମାର ମହାନ୍ତି, ଶ୍ରୀ ମନୋରଞ୍ଜନ ଦାଶ ଓ ସାମାଜିକ ଗଣମାଧ୍ୟମ ବିଭାଗର ଅଧ୍ୟକ୍ଷ ଶ୍ରୀ ଅଭିଷେକ ମହାନନ୍ଦ ଉପସ୍ଥିତ ଥିଲେ ।

ରାଖୀ ହେଉ ସବୁଜ ସମ୍ପର୍କର ସାକ୍ଷୀ

ଭୁବନେଶ୍ୱର (ପିଏନ): ସ୍ମାର୍ଟ ନଗରୀ ଭୁବନେଶ୍ୱର ପୋଖରୀପୁଟର ଇନ୍ଦ୍ରପ୍ରସ୍ଥ ଫେଜ୍-୨ଠାରେ କିଛି ପରିବେଶ ଓ ବୃକ୍ଷପ୍ରେମୀ ଏକାଠି ହୋଇ ଏକ ଭିନ୍ନ ଢଙ୍ଗରେ ରକ୍ଷାବନ୍ଧନ ଉତ୍ସବକୁ ପାଳନ କରିଛନ୍ତି । ପରିବେଶ ଅନୁକୂଳ ରଙ୍ଗ, ବେରଙ୍ଗ ସୂତାକୁ ବ୍ୟବହାର କରି ସେଥିରେ ଗୋଟିଏ ଆକର୍ଷଣୀୟ ରାଖୀ ତିଆରି କରି ସମ୍ପର୍କର ବନ୍ଧନ ସହିତ ଗଛରେ ରାଖୀ ବାନ୍ଧିବା ସହ ସିନ୍ଦୁର, ଚନ୍ଦନ ଫୁଲ ଲଗାଇ ସାରା ବିଶ୍ୱକୁ ପ୍ରକୃତିର ବନ୍ଦନା କରିବାର ଏକ ନିଆରା ବାର୍ତା ଦେଇଛନ୍ତି । ବୃକ୍ଷପ୍ରେମୀମାନେ ଏ ସମ୍ପର୍କରେ କୁହନ୍ତି ରକ୍ଷାବନ୍ଧନ ହେଉଛି ଅତୁଟ ସମ୍ପର୍କର ନିବିଡ଼ ବନ୍ଧନ । ଜନ୍ମ ଜନ୍ମକୁ ବାନ୍ଧି ହେବାର ଏକ ଅତୁଟ ପ୍ରେମର ନିଛକ ସ୍ପନ୍ଦନ । ସେହିପରି ଗଛ ସହ ଆମର ସମ୍ପର୍କ ଏହିପରି ରହିବା ଦରକାର । ଗଛ ଯେପରି ଏନ୍ତୁଡ଼ିଶାଳରୁ ଶ୍ମଶାନ ପର୍ଯ୍ୟନ୍ତ ନିଃସ୍ୱାର୍ଥପର ଭାବେ ଆମ୍ଭକୁ ସୁରକ୍ଷା ଦେଇଥାଏ, ଠିକ୍ ସେହିପରି ଆମ୍ଭେମାନେ ମଧ୍ୟ ଗଛ ପ୍ରତି ସେମିତି କର୍ତ୍ତବ୍ୟ ସମ୍ପାଦନ କରି ତା'ରି ସୁରକ୍ଷା ଦେବା ସମସ୍ତଙ୍କ ପାଇଁ ଆଜିର ଦିବସର

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪



ଭୁବନେଶ୍ୱର, ୨୦୨୩, ଫେବୃଆରୀ ୩

ଅଭିମନ୍ୟୁ ସାମନ୍ତସିଂହାର

ବାଦଲ ଭୂୟାଁ

ରୀତି ଯୁଗୀୟ କବିମାନଙ୍କ ମଧ୍ୟ ଅଭିମନ୍ୟୁ ସାମନ୍ତସିଂହାର ଅନ୍ୟତମ। କେହି କେହି ତାଙ୍କ ଜନ୍ମ କାଳ ୧୭୫୭ ମସିହା ନିରୂପଣ କଲାବେଳେ ଆଉ କେତେକ ୧୭୩୭-୩୮ ମସିହା ବୋଲି ମତ ଦିଅନ୍ତି। କୈଶୋରରେ ଅଭିମନ୍ୟୁ ଗୁରୁ ଲାଭ କରିଥିଲେ। ବୈଷ୍ଣବ ଦର୍ଶନରେ ଅନୁପ୍ରାଣିତ ହୋଇ ସେ ରାଧାକୃଷ୍ଣ ଲୀଳା ପ୍ରତି ଆକୃଷ୍ଟ ହୋଇଥିଲେ। ଏହାପରେ ସେ ରାଧାକୃଷ୍ଣଙ୍କ ଲୀଳା ରଚନାରେ ଲାଗିପଡ଼ିଲେ। କୈଶୋରରେ ତାଙ୍କ କବି ପ୍ରତିଭାର ପରିଚୟ ମିଳିଥିଲା। ବାଘଗୀତ, ଚଢ଼େଇଗୀତ ତାଙ୍କ ସରସ କବିତା। ଯୌବନରେ କାବ୍ୟ ପ୍ରଣୟନରେ ସେ ବ୍ରତୀ ହେଲେ। ତାଙ୍କର ପ୍ରଥମ କାବ୍ୟ ରସକଳା। ରସବତୀ ଅଭିମନ୍ୟୁଙ୍କ ଅନ୍ୟତମ ରୀତିଯୁଗୀୟ କାବ୍ୟ। ସେହିପରି ସୁଲକ୍ଷଣାରେ ଭଞ୍ଜୀୟ କାବ୍ୟାଦର୍ଶ ପ୍ରତିଫଳିତ ହୋଇଛି। ତାଙ୍କ ରଚିତ ପ୍ରେମ ଚିନ୍ତାମଣି, ବିଦଗ୍ଧ ଚିନ୍ତାମଣି କାବ୍ୟରେ ରାଧାକୃଷ୍ଣଙ୍କ ପ୍ରେମଲୀଳା ବର୍ଣ୍ଣିତ। ଜୟ ଶ୍ରୀ ଗୋବିନ୍ଦ ହରି ଶ୍ରୀକୃଷ୍ଣଙ୍କ ଉପରେ ଆଧାରିତ। କିମ୍ବଦନ୍ତୀ ଅନୁସାରେ ଅନ୍ତିମ କାଳରେ କବି ବୃନ୍ଦାବନ ଯିବାକୁ ସ୍ଥିର କଲେ। ମାତ୍ର ଅଧା ବାଟରେ ତାଙ୍କ ପ୍ରାଣବାୟୁ ଉଡ଼ିଗଲା। ୧୮୦୬ ବା ୧୮୧୦ରେ ତାଙ୍କ ଦେହାନ୍ତ ହୋଇଥିବା କୁହାଯାଏ। ୧୭୫୭ କଟକ ଜିଲ୍ଲା ଯାଜପୁରସ୍ଥିତ ବରୁଆଁ ପ୍ରଗଣା ଅନ୍ତର୍ଗତ ଗୋଲକୁଣ୍ଡ ଗ୍ରାମରେ କବି ଅଭିମନ୍ୟୁ ସାମନ୍ତସିଂହାର ଜନ୍ମ ଗ୍ରହଣ କରିଥିଲେ।

ପ୍ରତିଷ୍ଠାତା ସମ୍ପାଦକ 'ସିଂହଭୂମ', ୪ଜି ପ୍ରତାପ ଆପାର୍ଟମେଣ୍ଟ, ୭ ଏକ୍ସଟେନସନ ରୋଡ଼, ପୁରୁଣା ସୋନାରୀ, ଜାମସେଦପୁର, ଦୂରଭାଷ : ୭୪୮୮୯୯୮୫୩୨ / ୯୨୦୪୬୫୨୦୬୫

ଆଦିକବି ସାରଳା ଦାସ

ମୋହନ କୁମାର ଭଟ୍ଟ

ଓଡ଼ିଆ ସାହିତ୍ୟର ଆଦିକବି ସାରଳା ଦାସ। କଟକ ଜିଲ୍ଲାର ଝଙ୍କଡ଼ ପ୍ରଗଣା ଅନ୍ତର୍ଗତ ତେନ୍ତୁଳିଆପଦା ଗ୍ରାମରେ ଦରିଦ୍ର କୃଷକ ପରିବାରରେ ତାଙ୍କ ଜନ୍ମ। ସେ ଜାତିରେ ଶୁଦ୍ର ଥିଲେ। ତାଙ୍କ ଜନ୍ମ ତାରିଖ ଏ ପର୍ଯ୍ୟନ୍ତ ସ୍ଥିର ହୋଇପାରିନାହିଁ। ତାଙ୍କ ପିତୃଦତ୍ତ ନାମ ସିଦ୍ଧେଶ୍ୱର ପରିଡ଼ା। ଇଷ୍ଟଦେବୀ ଶାରଳାଙ୍କ କୃପାରୁ ସେ ସାରଳା ଦାସ ନାମରେ ଖ୍ୟାତ ହେଲେ। ମା'ସାରଳାଙ୍କ କରୁଣାରୁ ସେ ମୂର୍ଖରୁ ପଣ୍ଡିତ ହୋଇଥିଲେ। ଠାକୁରାଣୀଙ୍କ ମନ୍ଦିରରେ ପ୍ରତିଦିନ ପଢ଼ାଯାଉଥିବା ସଂସ୍କୃତ ମହାଭାରତ ପୁରାଣ ଶୁଣି ସେ ଓଡ଼ିଆ ମହାଭାରତ ରଚନା କରିଥିଲେ। ଓଡ଼ିଆ ପଦ୍ୟ ରଚନାରେ ତାଙ୍କ ଲେଖା ପ୍ରାଚୀନ ବୋଧ ହେଉଥିବାରୁ ସେ ଆଦିକବି ଭାବେ ପରିଚିତ। ପୁରୀ ମୁକ୍ତିମଣ୍ଡପର ପଣ୍ଡିତମାନେ ସନ୍ତୁଷ୍ଟ ହୋଇ ତାଙ୍କୁ ଶୁଦ୍ରମୁନି ଉପାଧି ପ୍ରଦାନ କରିଥିଲେ। ନିଜ ଗ୍ରନ୍ଥମାନଙ୍କରେ ନିଜକୁ ମୂର୍ଖ, ଅଜ୍ଞାନ ତଥା କେବଳ ମା'ଶାରଳାଙ୍କ ଆଶୀର୍ବାଦ ଯୋଗୁଁ କାବ୍ୟ ଲେଖିଥିବା ସେ ବର୍ଣ୍ଣନା କରିଛନ୍ତି। ତେବେ ଅନେକ ଶାସ୍ତ୍ର ପୁରାଣରେ ତାଙ୍କର ଗଭୀର ପ୍ରବେଶ ଥିଲା। ଅନେକ ଗ୍ରନ୍ଥ ଅଧ୍ୟୟନ କରି ଅସୀମ ଜ୍ଞାନର ସେ ଅଧିକାରୀ ହୋଇଥିଲେ। ଓଡ଼ିଆ ଭାଷା ସାହିତ୍ୟର ସେ ଜଣେ ବିରଳ ପ୍ରତିଭା। ତାଙ୍କ ପ୍ରମୁଖ ଗ୍ରନ୍ଥ ମଧ୍ୟରେ ବିଲଙ୍କା ରାମାୟଣ, ମହାଭାରତ, ଚଣ୍ଡୀ ପୁରାଣ, ଲକ୍ଷ୍ମୀନାରାୟଣ ବଚନିକା ଅନ୍ତର୍ଭୁକ୍ତ। ଆହୁରି ଅନେକ ଗ୍ରନ୍ଥ ଆଦିକବିଙ୍କ ଦ୍ୱାରା ରଚିତ ବୋଲି ଲେଖିଥିଲେ ମଧ୍ୟ ତାହା ପ୍ରକୃତରେ ପ୍ରମାଣିତ ହୋଇପାରିନାହିଁ। ନିଜ ସାଧନା ପୀଠ ବଡ଼ ସାରୋଳରେ ମାଘ ସପ୍ତମୀ ଦିନ ସାରଳା ଦାସ ଦେହ ତ୍ୟାଗ କରିଥିଲେ।

କୋକମୁଣ୍ଡା, ଚାନ୍‌ଚେର, କେସିଙ୍ଗା, କଳାହାଣ୍ଡି, ଦୂରଭାଷ : ୯୯୩୮୯୦୪୭୭୫

ମାରାତ୍ମକ କ୍ୟାନସର ଓ ହେପାଟାଇଟିସ୍

ଚଳିତ ବର୍ଷ ବିଶ୍ୱ କ୍ୟାନସର ଦିବସର ବାର୍ତ୍ତା ରହିଛି 'କ୍ଲୋଜ ଦ କେୟାର ଗ୍ୟାପ' (ଯତ୍ନ ବ୍ୟବଧାନ ବନ୍ଦ କରନ୍ତୁ)। ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନ ଓ ବିଭିନ୍ନ ସେବା ସଙ୍ଗଠନ ଦ୍ୱାରା ପ୍ରତିବର୍ଷ ଫେବୃଆରୀ ୪ ତାରିଖକୁ ବିଶ୍ୱ କ୍ୟାନସର ଦିବସ ଭାବେ ପାଳନ କରାଯାଏ। ବିଶ୍ୱରେ ୮୦ ଲକ୍ଷରୁ ଅଧିକ ଲୋକ ପ୍ରତି ବର୍ଷ କର୍କଟ ରୋଗରେ ପ୍ରାଣ ହରାଉଛନ୍ତି। ଏହାର ଭୟାବହତା ପ୍ରତି ଲୋକଙ୍କୁ ସଚେତନ କରାଇବା ଏବଂ ଚିକିତ୍ସା ଓ ନିରାକରଣ ପାଇଁ ଉତ୍ସାହିତ କରିବା ଉଦ୍ଦେଶ୍ୟରେ ଆଜିର ଦିନକୁ ବିଶ୍ୱ କର୍କଟ ସଚେତନତା ଦିବସ ଭାବେ ପାଳନ କରାଯାଉଛି। ୟୁନିୟନ ଫର ଇଣ୍ଟରନ୍ୟାସନାଲ କ୍ୟାନ୍ସର କଣ୍ଟ୍ରୋଲ ଦ୍ୱାରା ବିଶ୍ୱ କର୍କଟ ସଚେତନତା ଦିବସ ପ୍ରତିଷ୍ଠା ହୋଇଥିଲା। ୨୦୨୫ ସୁଦ୍ଧା କର୍କଟ ଜନିତ ମୃତ୍ୟୁ ଓ ପୀଡ଼ିତଙ୍କ ସଂଖ୍ୟା ହ୍ରାସ କରିବା ଏହି ଦିବସର ମୂଳ ଉଦ୍ଦେଶ୍ୟ। ଏ ଅବସରରେ କର୍କଟ ଆକ୍ରାନ୍ତଙ୍କ ସମର୍ଥନରେ ବିଭିନ୍ନ ପ୍ରକାର କାର୍ଯ୍ୟକ୍ରମ ଆୟୋଜନ କରାଯାଏ। କର୍କଟ ରୋଗ ଚିହ୍ନଟ ପରେ ତା ସହ ଲଢ଼ିବା ପାଇଁ ସେମିନାର, କ୍ୟାମ୍ପେନ୍, ପଥପ୍ରାନ୍ତ ନାଟକ ମାଧ୍ୟମରେ ଲୋକଙ୍କୁ ସଚେତନ କରାଯାଏ। ସାଧାରଣରେ ହେପାଟାଇଟିସ୍ ବି ଏକ ସଂକ୍ରାମକ ରୋଗ । ହେପାଟାଇଟିସ 'ବି' ଭୂତାଣୁ ଦ୍ୱାରା ସୃଷ୍ଟି ହେଉଥିବା ଏହି ରୋଗଟି ମଣିଷର ଯକୃତକୁ ଆକ୍ରାନ୍ତ କରି ଯନ୍ତ୍ରଣା ଦେଇଥାଏ । ଯାହାକୁ ଯକୃତ ପ୍ରଦାହ କୁହାଯାଏ । ଏହି ରୋଗୀ ମାନଙ୍କର ଆଖି ହଳଦିଆ ଦିଶେ, ଏହା ସହ ଯକୃତ ଫୁଲିଯାଇଥାଏ, ଜ୍ୱର ଅନୁଭୂତ ହେବା ସହ ବାନ୍ତି ମଧ୍ୟ ହୋଇଥାଏ । ଯଦି ଦୀର୍ଘ ଚିକିତ୍ସା ଦ୍ୱାରା ଶରୀରରୁ ଏହି ଭୂତାଣୁର ବିଲୋପ ନହୁଏ ତେବେ ଏହା ଲିଭର ସିରୋସିସ୍ ବା ଜଳଉଦୁରୀ ଏବଂ ଯକୃତ କର୍କଟ ରୋଗ ମଧ୍ୟ ସୃଷ୍ଟି ହୋଇପାରେ । ଏକ ପରିସଂଖ୍ୟାନରୁ ଜଣାଯାଇଛି ଯେ ଆମ ଦେଶରେ ପ୍ରାୟ ୮୦ଭାଗ ଯକୃତ କର୍କଟ ରୋଗ ପାଇଁ ହେପାଟାଇଟିସ୍ 'ବି' ସଂକ୍ରମଣ ହିଁ ଦାୟୀ । ଦେଶରେ ହେପାଟାଇଟିସ୍ 'ବି' ଭୂତାଣୁର ବାହାକ ବହୁ ସଂଖ୍ୟରେ ଅଛନ୍ତି । ଏହି ବାହକମାନେ ସାଧାରଣରେ ନିରୋଗ ଓ ସୁସ୍ଥ ଜଣାପଡ଼ିଥାନ୍ତି । ଏହି ଭୂତାଣୁ ଦ୍ୱାରା ସଂକ୍ରମିତ ଅନ୍ୟଲୋକମାନେ ମଧ୍ୟ ହୋଇଥାନ୍ତି । ବିଶୁଦ୍ଧ ହୋଇନଥିବା ଛୁଞ୍ଚି ଦ୍ୱାରା ଇଞ୍ଜେକସନ୍ ନେଲେ କିମ୍ବା କର୍ଣ୍ଣଛେଦନ (କାନଫୋଡା ବା ଚିତାକୁଟା) କଲେ ଅପରିଷ୍କାର ଯନ୍ତ୍ରପାତି ଦ୍ୱାରା ଅସ୍ତ୍ରୋପଚାର ବା ଘା' ସିଲେଇ କଲେ ଏହି ସଂକ୍ରମଣର ସମ୍ଭାବନା ରହିଥାଏ । ସେହିପରି ସଂକ୍ରମିତ ରକ୍ତଦେଲେ ହେପାଟାଇଟିସ୍ 'ବି' ଭୂତାଣୁ ଦ୍ୱାରା ସଂକ୍ରମିତ ହେବାର ସମ୍ଭାବନା ଖୁବ୍ ବଢ଼ିଥାଏ । ଛୋଟ ପିଲାମାନେ ସାଧାରଣତଃ ଜନ୍ମ ସମୟରେ ସଂକ୍ରମିତ ମାଆ ଠାରୁ ଭୂତାଣୁର ଶିକାର ହୋଇଥାନ୍ତି ଯାହାକୁ ସିଧାପ୍ରସାରଣ କୁହାଯାଏ । ଭୂତାଣୁ ପ୍ରସାରଣ ଦ୍ୱିତୀୟ ମାଧ୍ୟମ ହେଉଛି ଗୋଟିଏ ପିଲାଠାରୁ ଅନ୍ୟ ଏକ ପିଲାକୁ ସଂକ୍ରମଣ । ଏହାକୁ ସମାନ୍ତର ପ୍ରସାରଣ କୁହାଯାଏ । ଏହି କ୍ଷେତ୍ରରେ ରୋଗୀକୁ ଭୋକ ଲାଗିନଥାଏ, ବାନ୍ତି ହୋଇଥାଏ, ଶରୀରରେ ଜ୍ୱର ଦେଖାଯାଏ, ଦେହ ଘୋଳାବିନ୍ଧା କଷ୍ଟ ଲାଗେ, ଆଖି ଓ ଚର୍ମ ହଳଦିଆ ଦେଖାଯିବା ସହ ପରିସ୍ରା ଗାଢ଼ ରଙ୍ଗର ହୋଇଥାଏ । ମଳ ମଧ୍ୟ ହାଲୁକା ରଙ୍ଗର ହୋଇଥାଏ । ବେଳେବେଳେ ବୃକକ୍ ଓ ମସ୍ତିଷ୍କ ମଧ୍ୟ ଅକାମୀ ହୋଇଯାଏ ଓ ଏ କ୍ଷେତ୍ରରେ ରୋଗୀ ସଂଜ୍ଞାହୀନ ହୋଇଯାଏ । ଆମ

ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର

ଦେଶରେ ବର୍ତ୍ତମାନ ପାଖାପାଖି ପାଞ୍ଚ କୋଟି ହେପାଟାଇଟିସ୍ 'ବି' ଭୂତାଣୁର ବାହାକ ରହିଛନ୍ତି । ଏହି ହେପାଟାଇଟିସ୍ 'ବି' ଭୂତାଣୁ ସଂକ୍ରମିତ ପିଲାମାନଙ୍କ ସାଧାରଣତଃ କୌଣସି ଲକ୍ଷଣ ନଥାଏ ଓ ଏମାନେ ନୀରୋଗ ଓ ସୁସ୍ଥ ଜଣାପଡ଼ିଥାନ୍ତି । ଏହି ସୁସ୍ଥ ଦେଖାଯାଉଥିବା ପିଲାମାନେ ତାଙ୍କ ସଂସ୍ପର୍ଶରେ ଆସୁଥିବା ଅନ୍ୟ ପିଲାମାନଙ୍କୁ ଅଜାଣତରେ ଏହି ଭୂତାଣୁ ପ୍ରଦାନ କରିଥାନ୍ତି । ପରବର୍ତ୍ତୀ କାଳରେ ଏହି ସୁସ୍ଥ ଦେଖାଯାଉଥିବା ବାହକ ପିଲାଟି ଯକୃତ ସିରୋସିସ୍ ବା ଯକୃତ କର୍କଟ ରୋଗରେ ଆକ୍ରାନ୍ତ ହୋଇଥାଏ । କେତେକ ପ୍ରକାଶିତ ରିପୋର୍ଟ ଅନୁଯାୟୀ ଶିଶୁ ଅବସ୍ଥାରେ ସଂକ୍ରମିତ ହୋଇଥିବା ପ୍ରତି ଚାରିଜଣଙ୍କ ମଧ୍ୟରୁ ଜଣେ ଯକୃତ କର୍କଟ ରୋଗରେ ପ୍ରାଣ ହରାଇଥାନ୍ତି । ପ୍ରକାଶିତ ବିଭିନ୍ନ ରିପୋର୍ଟର ତଥ୍ୟ ଅନୁଯାୟୀ ଜଣାଯାଇଛି ଯେ, ଭାରତରେ ପ୍ରତି କୋଡିଏ ଜଣଙ୍କ ମଧ୍ୟରୁ ଅନ୍ୟୁନ ଜଣେ ଏହି ହେପାଟାଇଟିସ୍ 'ବି' ଭୂତାଣୁର ବାହକ । ସବୁଠାରୁ ଉଦ୍‌ବେଗଜନକ ତଥ୍ୟ ହେଉଛି ଏହାଯେ, ଅଧିକାଂଶ ବାହକମାନେ ଜାଣିନଥାନ୍ତି ଯେ ସେମାନେ ଏହି ଭୂତାଣୁ ଦ୍ୱାରା ସଂକ୍ରମିତ । ଏହି ବାହକ ମାନଙ୍କ ସାଙ୍ଗରେ ଆକସ୍ମିକ ସଂପର୍କ ଦ୍ୱାରା ଏହି ଭୂତାଣୁର ପ୍ରବେଶ ଜଣେ ସୁସ୍ଥ ଲୋକକୁ ହୋଇପାରିବ । ହେପାଟାଇଟିସ୍ 'ବି' ଏଡ୍‌ସ ଠାରୁ ଶହେଗୁଣ ଅଧିକ ସଂକ୍ରାମକ । ଭାରତରେ ଏଡ୍‌ସ୍ ଯୋଗୁଁ ସାରା ବର୍ଷରେ ଯେତେ ଲୋକ ମରନ୍ତି, ତା'ଠାରୁ ଅଧିକ ଗୋଟିଏ ଦିନରେ ହେପାଟାଇଟିସ୍ 'ବି' ଯୋଗୁ ମୃତ୍ୟୁବରଣ କରନ୍ତି । ପରିସଂଖ୍ୟାନରୁ ଜଣାଯାଇଛି ଭାରତରେ ପାଞ୍ଚକୋଟିରୁ ଅଧିକ ହେପାଟାଇଟିସ୍ 'ବି'ର ବାହକ ଅଛନ୍ତି ଓ ଚାଳିଶ ଲକ୍ଷରୁ ଊର୍ଦ୍ଧ୍ୱ ଲୋକ ଏହି ଭୂତାଣୁ ଜନିତ ସାଙ୍ଘାତିକ ଯକୃତ ରୋଗରେ କଷ୍ଟ ପାଉଛନ୍ତି । ପ୍ରତିବର୍ଷ ପ୍ରାୟ ଏକଲକ୍ଷ ଲୋକ ଏହି ଭୂତାଣୁ ଜନିତ ଯକୃତ ରୋଗରେ ମୃତ୍ୟୁବରଣ କରିଥାନ୍ତି । ନିମ୍ନଲିଖିତ ଶ୍ରେଣୀର ବ୍ୟକ୍ତିଙ୍କୁ ହେପାଟାଇଟିସ୍ 'ବି' ଭୂତାଣୁ ସଂକ୍ରମଣ ହେବାର ଅଧିକ ସମ୍ଭାବନା ରହିଛି । ଡାକ୍ତର ଓ ଶଲ୍ୟ ଚିକିତ୍ସକ, ସେବିକା, ପାଥୋଲୋଜି ଟେକ୍‌ନିସିଆନ୍ ଏବଂ ରକ୍ତ ଭଣ୍ଡାର ଓ ବୃକକ୍ ଡାଏଲିସିସ୍ ବିଭାଗରେ କାର୍ଯ୍ୟରତ କର୍ମକର୍ତ୍ତାମାନେ ଅଧିକ ସଂକ୍ରମଣ ହେବାର ସମ୍ଭାବନା । ସମଲିଙ୍ଗ ସଂଗମ ପ୍ରୟାସୀ (ହୋମୋସେକ୍‌ସୁଆଲ୍), ରୂପଜୀବୀ, ବିଶୃଙ୍ଖଳ ଅସୁରକ୍ଷିତ ଯୌନକ୍ରିୟା, ଇଞ୍ଜେକ୍‌ସନ ମାଧ୍ୟମରେ ନିଶା ସେବନ କରୁଥିବା ବ୍ୟକ୍ତିମାନେ ମଧ୍ୟ ଏହି ହେପାଟାଇଟିସ୍ 'ବି' ଭୂତାଣୁ ଦ୍ୱାରା ଅଧିକ ସଂକ୍ରମଣ ହେବା ସମ୍ଭାବିତ ରହିଛି । ଥାଲାସିମିଆ ଓ ହିମୋଫିଲିଆ ରୋଗୀମାନେ ମଧ୍ୟ ଯେଉଁମାନେ ବାରମ୍ବାର ରକ୍ତ ନିଅନ୍ତି ସେମାନେ ଏଥିରେ ଆକ୍ରାନ୍ତ ହୁଅନ୍ତି । ହେପାଟାଇଟିସ୍ 'ବି' ପ୍ରତିଷେଧକ ଟୀକା ବ୍ୟବହାର କଲେ ଏହି ରୋଗରୁ ସୁରକ୍ଷିତ ରହିହେବ । ସାଧାରଣତଃ ତିନୋଟି ଟୀକା ଜଣେ ଲୋକକୁ ନେବାକୁ ପଡ଼ିଥାଏ । ପ୍ରଥମ ଟୀକାର ଏକମାସ ପରେ ଦ୍ୱିତୀୟ ଟୀକା ଓ ପ୍ରଥମ ଟୀକାର ଛଅମାସରେ ତୃତୀୟ ଟୀକା ନେବାକୁ ପଡ଼ିଥାଏ । ସାଧାରଣତଃ ଏହି ଟୀକା ନେବାପରେ ଶରୀରରେ କୌଣସି କୁପ୍ରଭାବ ଦେଖାଯାଇନଥାଏ । ବର୍ତ୍ତମାନ ପର୍ଯ୍ୟନ୍ତ ଏହି ସଂକ୍ରାମକ ହେପାଟାଇଟିସ୍ 'ବି' ପାଇଁ କୌଣସି ଉତ୍କୃଷ୍ଟ ଧରଣର ଔଷଧ ଆବିଷ୍କାର ହୋଇନାହିଁ । ଯାହାଦ୍ୱାରା ଏହି ଭୂତାଣୁକୁ ଶରୀରରୁ ସଂପୂର୍ଣ୍ଣ ନିଶ୍ଚିହ୍ନ କରିହେବ । ଯେଉଁ ଔଷଧଗୁଡ଼ିକ ଏହି ଭୂତାଣୁ ବିରୋଧରେ କିଛି ପରିମାଣରେ ସଫଳତା ଲାଭ କରିଥାଏ ସେଗୁଡ଼ିକ ମଧ୍ୟରୁ ବଜାରରେ ଉପଲବ୍ଧ ହେଉଥିବା ଇଣ୍ଟରଫେରନ୍, ଏଣ୍ଟାକେଭିର୍, ଟେଲବିଭ୍ୟୁଡ଼ିନ୍ ଓ ଟେନୋଫୋଭିର୍ ମୁଖ୍ୟ । ଏହି କାରଣ ଯୋଗୁଁ ସବୁଠାରୁ ଉତ୍ତମ ଉପାୟ ହେଉଛି ସଂକ୍ରମଣରୁ ନିଜକୁ ରକ୍ଷା କରିବା ଏହା କେବଳ ନିରୋଗ ଟୀକା ଦ୍ୱାରା ସମ୍ଭବ । ସାଧାରଣତଃ ହେପାଟାଇଟିସ୍ 'ବି' ଏକ ସଂକ୍ରାମକ ରୋଗ ହୋଇଥିଲେ ବି ଏହାକୁ ନେଇ ସେପରି ଭୟଭୀତ ହେବାର କାରଣ ନାହିଁ । ଅଭିଜ୍ଞ ହେପାଟାଲୋଜି ବିଶେଷଜ୍ଞଙ୍କ ପରାମର୍ଶ ନେଲେ ପ୍ରାଥମିକ ଅବସ୍ଥାରୁ ଏହାର ନିରାକରଣ ସମ୍ଭବ।

ବିଭାଗୀୟ ମୁଖ୍ୟ, ହେପାଟାଲୋଜି ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୯୪୩୭୦୫୧୯୫୭

ରେସ୍ପିରେଟୋରି ସିନସିଟିଆଲ ଭାଇରସ (ଆରଏସଭି) ଓ ହ୍ୟୁମାନ ପାରାଇନଫ୍ଲୁଏଞ୍ଜା ଭାଇରସ

ଏବେ ଶୀତଋତୁର ଶେଷ ସମୟ ପହଞ୍ଚିଛି। ପ୍ରତିବର୍ଷ ଋତୁ ପରିବର୍ତ୍ତନକୁ ଦୃଷ୍ଟିରେ ରଖି ସମସ୍ତେ ଏକ ପ୍ରକାର ନିଜ ଅସୁସ୍ଥତାକୁ ଗ୍ରହଣ କରିଥାନ୍ତି କହିଲେ ଅତ୍ୟୁକ୍ତି ହେବନାହିଁ। କାରଣ ପାଣିପାଗ ବଦଳିବା ସମୟରେ ସ୍ୱାଭାବିକ ଭାବେ ଦେହ ଖରାପ ହୁଏ। ତେବେ ବର୍ତ୍ତମାନର ପ୍ରାୟତଃ ଘରେ ଘରେ ଦେଖାଯାଉଥିବା ଜ୍ୱରକୁ ନେଇ ଅନେକଙ୍କ ଭିତରେ ବିଭିନ୍ନ ଆଲୋଚନା ଓ ଭୟ ଦେଖାଦେଉଛି। ପ୍ରତିଦିନ ଅନେକଙ୍କ ଠାରୁ ଏ ନେଇ ଅଭିଯୋଗ ଆମେ ପାଉଛୁ। ଏହା ନିଃସନ୍ଦେହ। ଓଡ଼ିଶାର ଅନେକ ଅଞ୍ଚଳ ଜ୍ୱରର ପ୍ରାର୍ଦୁଭାବ ଦେଖାଦେଇଛି। ଇନଫ୍ଲୁଏଞ୍ଜା (ଏଚ୍‌୩ଏନ୨) ରେସ୍ପିରେଟୋରି ସିନସିଟିଆଲ ଭାଇରସ (ଆରଏସଭି) ଓ ହ୍ୟୁମାନ ପାରାଇନଫ୍ଲୁଏଞ୍ଜା ଭାଇରସ (ଏଚପିଆଇଭି) ରାଜ୍ୟକୁ ଗତି ଏକମାସ ହେବ କବଳିତ କରି ରଖିଛି। ଏହା ସାଙ୍ଗକୁ ସ୍ୱାଇନ ଫ୍ଲୁ ମଧ୍ୟ ଚିନ୍ତା ବଢ଼ାଇଛି। ଘରେ ଘରେ ଲୋକମାନେ ଥଣ୍ଡା, ଜ୍ୱରରେ ଆକ୍ରାନ୍ତ ହୋଇଥିବା ବେଳେ ଅନେକ ଏହାକୁ କୋଭିଡ଼ ଭାବି ଦ୍ୱନ୍ଦ୍ୱରେ ପଡୁଛନ୍ତି। ମାତ୍ର ଏହା କୋଭିଡ଼ ନୁହେଁ ବରଂ ଭାଇରାଲ ଫିଭର। ଏହାସହ ଯେଉଁମାନେ ଏହି ଭୂତାଣୁ ଦ୍ୱାରା ଆକ୍ରାନ୍ତ ହେଉଛନ୍ତି ସେମାନଙ୍କ ଶରୀରରେ ଦୀର୍ଘଦିନ ପର୍ଯ୍ୟନ୍ତ କାଶ ଲାଗି ରହୁଥିବା ଦେଖିବାକୁ ମିଳୁଛି। ଋତୁ ପରିବର୍ତ୍ତନ ଫଳରେ ସାଧାରଣତଃ ଭୂତାଣୁଜନିତ ସଂକ୍ରମଣ ବଢ଼ିଥାଏ। ବିଶେଷକରି ଗ୍ରୀଷ୍ମ ଓ ଶୀତ ଋତୁରେ ଅଧିକ ସଂଖ୍ୟାରେ ଲୋକମାନେ ଥଣ୍ଡା, ଜ୍ୱରରେ ଆକ୍ରାନ୍ତ ହୋଇଥାନ୍ତି। ତେବେ ଗତ ଦୁଇ ବର୍ଷ ହେବ କୋଭିଡ଼ ମହାମାରୀ ବ୍ୟାପିଥିବାରୁ ଭାଇରାଲ ଫିଭର ଉପରେ ସେତେଟା ଗୁରୁତ୍ୱ ନଥିଲା। କୋଭିଡ଼ ଥମିବା ପରେ ଚଳିତବର୍ଷ ଭାଇରାଲ ଫିଭର ବଢ଼ିବାରେ ଲାଗିଛି। ପରିବାରରେ ଜଣେ ଏଥିରେ ଆକ୍ରାନ୍ତ ହେଲେ ଅନ୍ୟମାନେ ଜ୍ୱରରେ ପଡୁଛନ୍ତି। ବୟସ୍କମାନେ ଧଇଁସଇଁ ହୋଇ ପଡୁଛନ୍ତି। ତଥାପି ଆସନ୍ତା କିଛି ଦିନ ପର୍ଯ୍ୟନ୍ତ ଏଥିରୁ ନିସ୍ତାର ମିଳି ନପାରେ। କାରଣ ଶୀତ ବଢୁଥିବା ସହିତ ପବନରେ ଜଳୀୟ ଅଂଶ ଅଧିକ ପରିମାଣରେ ରହୁଥିବାରୁ ଏହା ଧୂଳି ସହିତ ମିଶି କେବଳ ଜ୍ୱର ନୁହେଁ ଶ୍ୱାସ ସମସ୍ୟାକୁ ମଧ୍ୟ ଦ୍ୱିଗୁଣିତ କରିବାର ବଡ଼ ସମ୍ଭାବନା ସୃଷ୍ଟି କରିଥାଏ। ଚଳିତ ବର୍ଷ ଅଧିକ ସଂଖ୍ୟାରେ ରୋଗୀ ଇନଫ୍ଲୁଏଞ୍ଜା-ଏ (ଏଚ୩ଏନ୨)ରେ ଆକ୍ରାନ୍ତ ହେଉଥିବା ନଜରକୁ ଆସୁଛି। ଏହାସହ ଅନ୍ୟ ଭୂତାଣୁରେ ମଧ୍ୟ ଲୋକମାନେ କେତେକାଂଶରେ ଆକ୍ରାନ୍ତ

ପ୍ରଫେସର ଡାକ୍ତର ଜ୍ୟୋତିରଞ୍ଜନ ଚମ୍ପତିରାୟ

ହେଉଛନ୍ତି। ଲୋକମାନଙ୍କ ଶରୀରରେ ପ୍ରବଳ ଜ୍ୱର ସହିତ ନିଶ୍ୱାସ ପ୍ରଶ୍ୱାସରେ ସମସ୍ୟା ହେଉଛି। ଦୀର୍ଘଦିନ ପର୍ଯ୍ୟନ୍ତ କାଶ ଲାଗି ରହୁଛି। ଏହା କେବଳ ଓଡ଼ିଶାର ସମସ୍ୟା ନୁହେଁ, ସାରା ଦେଶରେ ଏବେ ସମାନ ସ୍ଥିତି ଦେଖିବାକୁ ମିଳୁଛି। ପୂର୍ବରୁ ଏହା ଦେଖିବାକୁ ମିଳୁଥିଲେ ବି ଲୋକମାନେ ନିଜର ପରୀକ୍ଷା କରୁନଥିଲେ। ମାତ୍ର କୋଭିଡ଼ ପରେ ଲୋକମାନେ ଅଧିକ ସଚେତନ ହୋଇଛନ୍ତି, ଯାହାଫଳରେ ଏସବୁ ଭୂତାଣୁ ଚିହ୍ନଟ ହେଉଛି। ଇନଫ୍ଲୁଏଞ୍ଜାରୁ ନିଜକୁ ରକ୍ଷା କରିବାକୁ ହେଲେ ଟିକା ନେବା ଜରୁରୀ। ଛୋଟ ପିଲା ଓ ବୟସ୍କ ବ୍ୟକ୍ତିମାନଙ୍କୁ ଇନଫ୍ଲୁଏଞ୍ଜା ଟିକା ଦିଆଯିବା ଉପରେ ଗୁରୁତ୍ୱ ଦିଆଯିବା ଆବଶ୍ୟକ। ଟୀକା ନେଇ ବ୍ୟାପକ ସଚେତନତା ବଢ଼ିବା ସହ ଏହା ପ୍ରତି ଲୋକ ମଧ୍ୟ ଦିନକୁ ଦିନ

ମନ୍ଦିର ପ୍ରତିଷ୍ଠା ପାଇଁ କଳସ ଯାତ୍ରା

ଫୁଲନଖରା,(ପି.ଏନ): ସଦର ଥାନା ନଗରୀ ପଞ୍ଚାୟତ ଅନ୍ତର୍ଗତ ଅରଡ଼ିଆପଦାଠାରେ ଥିବା ନବମଲ୍ଲିକା ଠାକୁରାଣୀଙ୍କ ନୂତନ ମନ୍ଦିର ପ୍ରତିଷ୍ଠା ଉତ୍ସବ ଆରମ୍ଭ ହୋଇଛି । ଏହି ଉପଲକ୍ଷେ ଆୟୋଜିତ ବିଶ୍ୱଶାନ୍ତି ଯଜ୍ଞ ପାଇଁ ଏକ କଳସ ଶୋଭାଯାତ୍ରା ଆୟୋଜନ ହୋଇଥିଲା । ଏଥିରେ ଆଖପାଖ ଅଞ୍ଚଳର ଶତାଧିକ ମହିଳା ମହୀଧରପଡ଼ା ବାଲୁଙ୍କେଶ୍ୱର ମହାଦେବ ମନ୍ଦିର ପୋଖରୀରୁ ଜଳ କଳସ ଶୋଭାଯାତ୍ରାରେ ନେଇ ଯଜ୍ଞ ମଣ୍ଡପରେ ପହଞ୍ଚିଥିଲେ । ଏହି ଉପଲକ୍ଷେ ମଣ୍ଡପ ନିକଟରେ ଭଜନ ଓ ନାମ ସଂକୀର୍ତ୍ତନ ପରିବେଷଣ ହେଉଛି । ଆସନ୍ତା କାଲି ପୁର୍ଣ୍ଣାହୁତି ସହ ଉକ୍ତ ପ୍ରତିଷ୍ଠା କାର୍ଯ୍ୟ ସମ୍ପନ୍ନ ହେବବୋଲି ମନ୍ଦିର ପରିଚାଳନା କମିଟି ପକ୍ଷରୁ ସୂଚନା ଦିଆଯାଇଛି ।

କୁଦସାହି ସ୍କୁଲରେ ପୁରସ୍କାର ବିତରଣ ଉତ୍ସବ

ଫୁଲନଖରା, (ପି.ଏନ): ବାରଙ୍ଗ ବ୍ଲକ ଗଙ୍ଗେଶ୍ୱର ମୌଜା ଅନ୍ତର୍ଗତ କୁଦସାହି ସେବାଶ୍ରମ ସ୍କୁଲର ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା ଉଦଯାପିତ ହୋଇଛି । ଏହି ଉପଲକ୍ଷେ ପ୍ରଧାନ ଶିକ୍ଷକ ଶେଷଦେବ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ କଟକ ଜିଲା ଶିକ୍ଷା ନିରୀକ୍ଷକ ରବିନ୍ଦ୍ରକୁମାର ବାରିକ ମୁଖ୍ୟ ଅତିଥିଭାବେ ଯୋଗଦେଇ କୃତି ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କାର୍ଯ୍ୟର ଶୁଭାରମ୍ଭ କରିଥିଲେ । ବାରଙ୍ଗ ବ୍ଲକ ମଙ୍ଗଳ ଅଧିକାରୀ ଦେବରନ ଦାଶ, ବିଶିପଦା କ୍ଲଷ୍ଟର ସିଆରସିସି ପରଓ୍ୱିନ ସାଲୋନୀ, କୁରାଙ୍ଗଶାସନ ସରପଞ୍ଚ ରୋହିଣୀ ଭୋଇ, ସମିତି ସଭ୍ୟ ସତ୍ୟବ୍ରତ ଜେନା, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଜଗନ୍ନାଥ ଭୋଇ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ ।

ବଲାଙ୍ଗିର ଜଳସେଚନ ବିଭାଜନ ପକ୍ଷରୁ ପାଣି ପଂଚାୟତ ପକ୍ଷ ପାଳନ : ଜଳ ସଂରକ୍ଷଣ ଓ ଉପଯୁକ୍ତ ପରିଚାଳନା ଉପରେ ଗୁରୁତ୍ୱ

ବଲାଙ୍ଗିର,(ପି.ଏନ): ରାଜ୍ୟରେ ପାଣି ପଂଚାୟତ ପକ୍ଷ ଫେବୃଆରୀ ୧ ତାରିଖ ଠାରୁ ୧୫ ତାରିଖ ପର୍ଯ୍ୟନ୍ତ ପାଳନ କରାଯାଉଛି । ପାଣି ପଂଚାୟତ ପକ୍ଷ ପାଳନ ଉପଲକ୍ଷେ ଆଜି କୋଶଳ କଳା ମଣ୍ଡଳ ପଡିଆ ଠାରୁ ବଲାଙ୍ଗିର ଜଳସେଚନ ମଣ୍ଡଳ ପକ୍ଷରୁ ଆୟୋଜିତ ଜିଲ୍ଲା ସ୍ତରୀୟ ପାଣି ପଂଚାୟତ ସଚେତନତା ରଥକୁ ଜିଲ୍ଲାପାଳ ଚଂଚଳ ରାଣା ପତାକା ଦେଖାଇ ଶୁଭାରମ୍ଭ କରିଥିଲେ । ବିଭିନ୍ନ ଜଳ ସେଚନ ପ୍ରକଳ୍ପରେ ଥିବା ପାଣି ପଂଚାୟତକୁ ସଶକ୍ତିକରଣ ଓ ସଚେତନ କରିବା ଉଦ୍ଦେଶ୍ୟରେ ଏହି ସଚେତନା ରଥ ଜିଲ୍ଲାର ବିଭିନ୍ନ ଅଂଚଳ ପରିକ୍ରମା କରିବ । ଏହି ପକ୍ଷ ପାଳନ ଉପଲକ୍ଷେ ଆଜି ବଲାଙ୍ଗିର ଜଳସେଚନ ବିଭାଜନ ଆନୁକୂଲ୍ୟରେ ଲାଲଟିକ୍ରା ସ୍ଥିତ ଜଳସେଚନ ବିଭାଜନ କାର୍ଯ୍ୟାଳୟ ପରିସରରେ ଏକ ସଚେତନତା ସଭାର ଆୟୋଜନ କରାଯାଇଥିଲା । ବଲାଙ୍ଗିର ବିଧାୟକ ନରସିଂହ ମିଶ୍ର ଏହି ସଭାରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପାଣି ପଂଚାୟତର ସଦସ୍ୟ ମାନେ ବିଭିନ୍ନ ଯୋଜନା ସମ୍ପର୍କରେ ଅବଗତ ହୋଇ ଜଳ ସଂରକ୍ଷଣ ଓ ଉପଯୁକ୍ତ ପରିଚାଳନା ଦିଗରେ ଏକତାବଦ୍ଧ ଭାବେ କାର୍ଯ୍ୟ କରିବାକୁ ଉପସ୍ଥିତ ଚାଷୀ ମାନଙ୍କୁ ପରାମର୍ଶ ଦେଇଥିଲେ । ଜିଲାରେ ଜଳ ସଂରକ୍ଷଣ ନିମନ୍ତେ ଆବଶ୍ୟକତା ଥିବା ବିଭିନ୍ନ ପ୍ରକଳ୍ପ ସମ୍ପର୍କରେ ସୂଚନା ଦେବା ସହ ନଦୀ ନାଳ ଗୁଡିକରେ ଚେକ ଡ୍ୟାମ କରି ଜଳ ସଂରକ୍ଷଣ କରିବାକୁ ପରାମର୍ଶ ଦେଇଥିଲେ । ସଭାରେ ଜିଲ୍ଲା ପରିଷଦ ଅଧ୍ୟକ୍ଷ୍ୟା ଦେବକୀ ସାହୁ ସମ୍ମାନିତ ଅତିଥି ଭାବେ ଯୋଗଦେଇ ପାଣି ପଂଚାୟତର ଉପଯୁକ୍ତ କାର୍ଯକାରିତା ନିମନ୍ତେ ସହଯୋଗିତା ଓ ସହଭାଗିତା ଉପରେ ଗୁରୁତ୍ୱାରୋପ କରିବା ସହ ପାଣି ପଂଚାୟତ ମାଧ୍ୟମରେ ଚାଷୀ ମାନେ ଯେପରି ଉପକୃତ ହୋଇପାରିବେ ସେଥିପ୍ରତି ବିଭାଗୀୟ ଅଧିକାରୀ ମାନେ ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ପରାମର୍ଶ ଦେଇଥିଲେ । ଜିଲ୍ଲା ପରିଷଦ ସଭ୍ୟା ବୀଣାପାଣି ଦାସ ଓ ସବିତା ସେଠ ସମ୍ମାନିତ ଅତିଥି ଭାବେ ଯୋଗଦେଇ ପାଣି ପଂଚାୟତର ସଠିକ କାର୍ଯକାରିତା ଉପରେ ଗୁରୁତ୍ୱାରୋପ କରିଥିଲେ । ଜଳସେଚନ ବିଭାଗର ଅତିରିକ୍ତ ମୁଖ୍ୟଯନ୍ତ୍ରୀ ସଂଜୀବ କୁମାର ତ୍ରିପାଠୀ ପାଣି ପଂଚାୟତର ଗଠନ, ଦାୟିତ୍ୱ, କର୍ତବ୍ୟ ଓ ଅଧିକାର ସମ୍ପର୍କରେ ସବିଶେଷ ବିବରଣୀ ପ୍ରଦାନ କରିଥିଲେ ।

ଦେଶରେ ମହିଳା ସଶକ୍ତିକରଣ ପାଇଁ ପ୍ରଧାନମନ୍ତ୍ରୀ ଯୁଗାନ୍ତକାରୀ ପଦକ୍ଷେପ ନେଇଛନ୍ତି: ସମୀର ମହାନ୍ତି

ଭୁବନେଶ୍ୱର,(ପି.ଏନ): ମହାନ କ୍ରାନ୍ତିକାରୀ, ସମାଜ ସୁଧାରକ ଜ୍ୟୋତିବା ଫୁଲେଙ୍କ ଜନ୍ମଜୟନ୍ତୀ ଅବସରରେ ସିନର୍ଜି ଇଷ୍ଟିଚ୍ୟୁଟ ଅଫ ଟେକନୋଲୋଜିଠାରେ ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଛାତ୍ରଛାତ୍ରୀଙ୍କୁ ରାଜ୍ୟ ବିଜେପି ସଭାପତି ସମୀର ମହାନ୍ତି ଭେଟି ଜ୍ୟୋତିବା ଫୁଲେଙ୍କ ଦେଶପ୍ରତି ଅବଦାନ ବିଷୟରେ ଅବଗତ କରାଇଥିଲେ । ଯେତେବେଳେ ଦେଶରେ ନାରୀ ଶିକ୍ଷା ପ୍ରତି ଆଦୌ ଧ୍ୟାନ ଦିଆଯାଉନଥିଲା ସେତେବେଳେ ଜ୍ୟୋତିବା ଫୁଲେ ମହିଳାମାନଙ୍କ ଶିକ୍ଷାକୁ ପ୍ରାଧାନ୍ୟ ଦେଇ ପ୍ରତିକୂଳ ପରିସ୍ଥିତିରେ କାର୍ଯ୍ୟ କରୁଥିଲେ । ଜ୍ୟୋତିବା ଫୁଲେ ତାଙ୍କ ପତ୍ନୀ ସାବିତ୍ରୀବାଇ ଫୁଲେଙ୍କ ସହିତ ମିଶି ପୁନେଠାରେ ମହିଳାମାନଙ୍କ ଶିକ୍ଷା କ୍ଷେତ୍ରରେ ଅଗ୍ରଗତି ନିମନ୍ତେ ବାଳିକା ବିଦ୍ୟାଳୟ ସ୍ଥାପନ କରି ନାରୀ ଶିକ୍ଷା ଶିକ୍ଷାଦ୍ୱାରା ସମାଜର ଅଗ୍ରଗତି ସମ୍ଭବ ବୋଲି ବାର୍ତା ଦେଇଥିଲେ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜ୍ୟୋତିବା ଫୁଲେଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ମହିଳାଙ୍କ ପ୍ରତି ବିଭିନ୍ନ ଯୋଜନା ମଧ୍ୟ କରିଛନ୍ତି । ମହିଳାମାନଙ୍କ ପାଇଁ ଶୌଚାଳୟ, ଉଜ୍ଜ୍ୱଳା, ବେଟି ବଚାଓ ବେଟି ପଢ଼ାଓ, ସୁକନ୍ୟା ସମୃଦ୍ଧି ଯୋଜନା, ପୋଷଣ ଅଭିଯାନ ଭଳି ଯୁଗାନ୍ତକାରୀ ପଦକ୍ଷେପମାନ ନେଇ ମହିଳାଙ୍କୁ ସମ୍ମାନ, ସ୍ୱାଭିମାନ ଓ ସଶକ୍ତ କରିବାକୁ ତାଙ୍କ ସରକାରରେ ଅନେକ ଯୋଜନା କରିଥିବାରୁ ରାଜ୍ୟ ସଭାପତି ଶ୍ରୀ ମହାନ୍ତି ଧନ୍ୟବାଦ ଜ୍ଞାପନ କରିଛନ୍ତି । ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ପ୍ରତିଷ୍ଠାତା ବିନୋଦ ଦାଶ, ଇଷ୍ଟିଚ୍ୟୁ ନିର୍ଦ୍ଦେଶକ ଚତ୍ରସେନ ଜଗତଦେଓ, ରାଜ୍ୟ ପ୍ରବକ୍ତା ଠାକୁର ରଞ୍ଜିତ ଦାସ, ଯୁବମୋର୍ଚ୍ଚା ରାଷ୍ଟ୍ରୀୟ ଉପାଧ୍ୟକ୍ଷ ଅର୍ପିତା ବଡ଼ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

ଲିଜଧାରୀ ନିୟମ ବୈହିର୍ଭୁତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲଓ୍ୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି । ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ଲେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି । ଏହି ବାଲି ସୌରାଟ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି । ୦.୩ ମିଟର ହିସାବରେ୍ୱ ବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି । ଏହା ଦ୍ୱାରା ସରକାର ଉକ୍ତ ସୈରାତ୍‌କୁ ବାର୍ସିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି । ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ । ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ୍ୟ ନିୟମର ସର୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ୍ୟ ସନ୍ଦେହ ସୃଷ୍ଟି ହେଉଛି । ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍‌ଧାରୀ ଏହାର ସମ୍ପୂର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡଙ୍ଗର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି । ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦ୍ଧାରଣ ମଧ୍ୟ ରହିଛି । ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତ୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ୍ୟ ସୃଷ୍ଟି ହୋଇଛି । ବର୍ତ୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ୍ୟ ପିଇ ପାରୁ ନାହାନ୍ତି ।ରାଜ୍ୟ ପରିବେଶ ଓ ପ୍ରଭାବ ମୂଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବୈହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍‌ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି ।

ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ

ବାଲେଶ୍ୱର: ଆଜି ପୂର୍ବାହ୍ନରେ ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଏକ ସୋଭାଯାତ୍ରା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ପଥବିକ୍ରେତା ଜୀବିକା ସୁରକ୍ଷା ଓ ପଥ ବିକ୍ରେତା ବିନିମୟ ଆଇନ ଉଲଙ୍ଘନ ଏବଂ ପଥବିକ୍ରେତାଙ୍କ ଜୀବିକା ଓ ଜୀବନ ଉଚ୍ଛେଦ ଅଭିଯୋଗ ବନ୍ଦ କରିବାକୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ପଥବିକ୍ରେତା ଙ୍କ ଜୀବିକା ସୁରକ୍ଷା ପାଇଁ ୨୦୧୪ କେନ୍ଦ୍ରୀୟ ଆଇନକୁ ବାଲେଶ୍ୱର ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଲଙ୍ଘନ କରି ଏହି ବର୍ଗର ମଣିଷଙ୍କ ଜୀବନ ଧାରଣ ଦୁର୍ବିସ କରାଇଲେଣି । ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଚ୍ଛେଦ କରି ପଥ ବିକ୍ରେତା ବୃଦ୍ଧି ଥିବା ସହ ସହ ପଥ ବିକ୍ରେତାଙ୍କ ଆଇନ ଗତ ସାମ୍ବିଧାନିକ ଅଧିକାରକୁ ଛଡ଼ାଇ ନେଇ ବାରମ୍ବାର ଅନ୍ୟାୟ କରିଚାଲିଛନ୍ତି । ଏହି ପରି ରାୟ ଶାସନ ବନ୍ଦ କରି ଉଠା ଦାକାନିଙ୍କୁ ସାମ୍ବିଧାନିକ ସାମାଜିକ ନ୍ୟାୟ ପ୍ରଦାନ କରିବା ନିମନ୍ତେ ଦାବି କରିଛନ୍ତି । ଓଟି ରୋଡ଼ରେ ୨ ଟିକିଆ ରାସ୍ତାର ପିଚୁ ରାସ୍ତା ଶେଷ ଠାରୁ ସାଢ଼େ ୪ ମିଟର ଭିତରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ପୌର କାର୍ଯ୍ୟ ନିର୍ବାହି ଅଧକାରୀ ପଥ ବିକ୍ରେତା ସଂଘ କର୍ମକର୍ତ୍ତା ମାନଙ୍କୁ କହିବା ପରେ ପଥ ବିକ୍ରେତା ମାନେ ସେହି ଦିନ ବାହାରକୁ ଉଠାଇ ନେଇଥିଲେ । ରାସ୍ତାର ୨ ପାଶ୍ୱରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ଆରଏନବି ସଂସ୍ଥା କର୍ମଚାରୀ ମାନେ ସେଠାରେ ପଥ ବିକ୍ରେତା ମାନଙ୍କୁ ଭୟବିତ କରାଉଛନ୍ତି । ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ସପିଙ୍ଗ କମ୍ପଲେକ୍‌ସ ନିର୍ମାଣ ବନ୍ଦ କରି ସେହି ଅଟାଳିକା ଗୁଡ଼ିକରେ ଇଂଚୁଡ଼ି ଲବଣ ସତ୍ୟା ଗ୍ରହ ଏବଂ ସ୍ୱାଧିନତା ଆନ୍ଦୋଳର ସଂଗ୍ରହାଳୟ ପ୍ରତିଷ୍ଠା କରାଯାଉଛି । ଓଟି ରୋଡର ସାଢ଼େ ୪ ମିଟର ପର୍ଯ୍ୟନ୍ତ ପ୍ରଶସ୍ତିକରଣ କରାଇବା ପରେ ବାକି ସ୍ଥାନ ଗୁଡ଼ିକ ପଥ ବିକ୍ରେତା କେନ୍ଦ୍ର ଓ ରାଜ୍ୟ କୁଟିରଶିଳ୍ପ, ହସ୍ତଶିଳ୍ପ ସମେତ ଆଞ୍ଚଳିକ ସାମଗ୍ରିର ପଥବିକ୍ରେତା କେନ୍ଦ୍ର ପ୍ରତିଷ୍ଠା କରି ଏହା କୁ ଜାତୀୟ ସ୍ତରରେ ଆକର୍ଷଣୀୟ ପଥ ବିକ୍ରେତା କେନ୍ଦ୍ର କରାଯାଇ ପର୍ଯ୍ୟଟକ ଗ୍ରାହକ ମାନଙ୍କୁ ଆକୃଷ୍ଟ କରାଯାଉ । ବ୍ରିଜ ଅଞ୍ଚଳର କରୋନା ମହାମରୀ ସମୟର ସରକାରୀ ଘୋଷିତ ରିଲିଫ୍ ସମସ୍ତଙ୍କୁ ପ୍ରଦାନ କରାଯାଉ । ଜୟନ୍ତ ଦାସ ଙ୍କ ନେତୃତ୍ୱରେ ଅବିଦ ଖାନ, ମୋହିନି ମୋହନ ପରିଡ଼ା, ଅଭିରାମ ବାରିକ, ପ୍ରଶାନ୍ତ ସେଠୀ, ରତନ ଗିରି, ବିଜୟ ସାହ. ରାଧା ବାରିକ, ସୁମନ ସିଂହ, ନୟନ ମାଲୋହତ୍ରା ପ୍ରମୁଖ ଏହି ଶୋଭା ଯାତ୍ରାରେ ସାମିଲ ହୋଇଥିଲେ ।

ପୁରୀ ପାଇଁ ଐତିହାସିକ ଦିନ :ମୁଖ୍ୟମନ୍ତ୍ରୀ

ପୁରୀ/ ନୂଆଦିଲ୍ଲୀ/ଭୁବନେଶ୍ୱର, (ପି.ଏନ): ପୁରୀରେ ଶ୍ରୀଜଗନ୍ନାଥ ମେଡ଼ିକାଲ କଲେଜ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ଲୋକାର୍ପିତ ହୋଇଯାଇଛି । ଲୋକାର୍ପଣ ସମାରୋହରେ କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ ଭର୍ଚୁଆଲ ମାଧ୍ୟମରେ ଯୋଡ଼ି ହୋଇଥିଲେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହା ପୁରୀ ପାଇଁ ଐତିହାସିକ ଦିନ । ଶିକ୍ଷକ ଓ ଛାତ୍ରଛାତ୍ରୀଙ୍କ ପ୍ରଚେଷ୍ଟାରେ ପୁରୀବାସୀଙ୍କ ସେବା କରିବାରେ ଏହି ଶିକ୍ଷାନୁଷ୍ଠାନ ନାଁ କରିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଥିଲେ । ଅପରପକ୍ଷରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ମାଣ୍ଡଭୀୟ ଓଡ଼ିଶାବାସୀଙ୍କୁ ସୁଲଭ ମୂଲ୍ୟରେ ସ୍ୱାସ୍ଥ୍ୟସେବା ଉପଲବ୍ଧ କରିବା ପାଇଁ ଆୟୁଷ୍ମାନ ଯୋଜନା ଲାଗୁ କରିବା ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଅନୁରୋଧ କରିଛନ୍ତି । ଏହି ଯୋଜନା ଲାଗୁ ହେବା ଦ୍ୱାରା ଓଡ଼ିଆ ଲୋକମାନେ ଲାଭ ପାଇବେ ଏବଂ ସ୍ୱାସ୍ଥ୍ୟ ବ୍ୟବସ୍ଥା ଭଲ ରହିବ ବୋଲି ସେ କହିଛନ୍ତି । କାର୍ଯ୍ୟକ୍ରମ ପରେ ଆୟୋଜିତ ସଭାରେ ମୁଖ୍ୟମନ୍ତ୍ରୀ କହିଥିଲେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ କ୍ଷେତ୍ରରେ ଏକ ଉନ୍ନତମାନର ମେଡିକାଲ କଲେଜ ପ୍ରତିଷ୍ଠା ହୋଇଛି । ଏହାଦ୍ୱାରା ମେଧାବୀ ଛାତ୍ରଛାତ୍ରୀମାନେ ମେଡିକାଲ ପାଠ ପଢିବା ସହିତ ପୁରୀ ଜିଲ୍ଲାରେ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଏକ ନୂଆ ଯୁଗ ଆରମ୍ଭ ହେଲା ।କାର୍ଯ୍ୟକ୍ରମରେ ଉପସ୍ଥିତ ଛାତ୍ରଛାତ୍ରୀ ମାନଙ୍କ ସହିତ ଆଲୋଚନା କରି ମୁଖ୍ୟମନ୍ତ୍ରୀ ସେମାନଙ୍କୁ ଅଭିନନ୍ଦନ ଜଣାଇଥିଲେ ଏବଂ ଭବିଷ୍ୟତରେ ଭଲ ଡାକ୍ତର ହୋଇ ନିଷ୍ପାପର ଭାବେ ଉତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ସେମାନଙ୍କୁ ପରାମର୍ଶ ଦେଇଥିଲେ । ଶିକ୍ଷକ ଓ ଛାତ୍ରଛାତ୍ରୀ ମାନଙ୍କ ଉଦ୍ୟମରେ ଏହି କଲେଜ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ନିଜର ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିବ ବୋଲି ମୁଖ୍ୟମନ୍ତ୍ରୀ ଆଶାପ୍ରକାଶ କରିଥିଲେ । ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରୁ ପୁରୀର ଶ୍ରୀ ସମ୍ମିତ ନାୟକ, ରାଜସ୍ଥାନର ପ୍ରଗତୀ ମୀନା ଓ ଓଡିଶାର ଶ୍ରୀ ସିଦ୍ଧାର୍ଥ ସାହୁ ପ୍ରମୁଖ ଛାତ୍ରଛାତ୍ରୀ ଏହି ଆଲୋଚନାରେ ଭାଗ ନେଇ ପୁରୀରେ ପଢିବାର ସୁଯୋଗ ପାଇଥିବାରୁ ଖୁସି ପ୍ରକାଶ କରି ଭବିଷ୍ୟତରେ ଚିକିତ୍ସା ସେବା କ୍ଷେତ୍ରରେ ପ୍ରତିଶ୍ରୁତିବଦ୍ଧ ହୋଇ କାମ କରିବେ ବୋଲି କହିଥିଲେ । ପିଲାମାନେ କଲେଜର ଭିତିଭୂମିର ଉଚ୍ଚପ୍ରଶଂସା କରିଥିଲେ ।ଛାତ୍ରଛାତ୍ରୀଙ୍କ ସହ ମତ ବିନିମୟ କରିବା ଅବସରରେ ଶ୍ରୀ ମାଣ୍ଡଭୀୟ ଓଡ଼ିଶାରେ ସ୍ୱାସ୍ଥ୍ୟସେବା ସୁଲଭ ଓ ସର୍ବବ୍ୟାପୀ କରିବା ପାଇଁ ମେଡ଼ିକାଲ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଛନ୍ତି । ସେ କହିଛନ୍ତି ଯେ ପୁରୀ ଜଗନ୍ନାଥ ମନ୍ଦିର ଯାଇ ଦର୍ଶନ କରିବା ଓ ମହାପ୍ରସାଦ ସେବନ କରିବା ଆମ ପାଇଁ ଗର୍ବର ବିଷୟ । ସେହି ପବିତ୍ର ଧାମରେ ରହି ମେଡ଼ିକାଲ ଶିକ୍ଷା ଲାଭ କରିବା ଛାତ୍ରଛାତ୍ରୀଙ୍କ ପାଇଁ ଗର୍ବର ବିଷୟ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସ୍ୱପ୍ନ ରହିଛି ସ୍ୱାସ୍ଥ୍ୟସେବା ସୁଲଭ ଏବଂ ସର୍ବବ୍ୟାପୀ ହେବା ଦରକାର । ଏଥିପାଇଁ ଏକ ଡ଼ାକ୍ତର ରୂପରେ ଛାତ୍ରଛାତ୍ରୀଙ୍କୁ ଦୂର, ସୁଦୂର, ଗାଁ ଯେଉଁଠି ବି ଦାୟିତ୍ୱ ମିଳୁଛି

ମୋ ଓଡ଼ିଶା

ରାଜନୈତିକ ପଶାପାଲିରେ ଅଙ୍ଗନବାଡି କେନ୍ଦ୍ର

ଭୁବନେଶ୍ୱର (ପିଏନ୍): ରାଜଧାନୀ ଉପକଣ୍ଠ ଧଉଳି ଥାନା ଅଧିନସ୍ଥ ଲିଙ୍ଗିପୁର ଗ୍ରାମପଂଚାୟତ ଅନ୍ତର୍ଗତ ଗାଙ୍ଗୋତ୍ରୀ ନଗର ରୋଡ ନଂ-୩ଠାରେ ବିଗତ ବହୁ ଦିନ ହେଲା ଅଙ୍ଗନବାଡ଼ି କେନ୍ଦ୍ର ଭଡାରେ ଚାଲିଛି। ଏଥିରେ ବହୁ କୁନି ଓ କୋମଳମତି ଶିଶୁମାନେ ଅଧ୍ୟୟନ କରୁଛନ୍ତି। କିନ୍ତୁ ଉକ୍ତ ଭଡା ସ୍ଥାନରେ ଚାଲୁଥିବା ଅଙ୍ଗନବାଡି କେନ୍ଦ୍ରର ଭିତିଭୂମି ଠିକ୍ ନଥିବାରୁ ଏକ ନୂତନ ଅଙ୍ଗନବାଡି କେନ୍ଦ୍ର ପାଇଁ ଦାବୀ ହୋଇଥିଲା। ଯାହାଫଳରେ ରାଜ୍ୟ ସରକାର ଅଙ୍ଗନବାଡି କେନ୍ଦ୍ର ପାଇଁ ତହସିଲଦାରଙ୍କ ପତ୍ର ସଂଖ୍ୟା-୯୨୩୪, ତାରିଖ-୩୧.୦୫.୨୦୨୨ ଦ୍ୱାରା ୨୦୦ ଡିସିମିଲି ଜମି ଆବଟଂନ କରିଥିଲେ ଓ ବିଡିଓଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ପାଇଁ କିନ୍ତୁ ସେହି ଜମି ଜବରଦଖଲ ଥିବାରୁ ବିଡିଓ ନିଜ ଅକ୍ତିଆରକୁ ନେଇପାରିଲେ ନାହିଁ ଓ ତହସିଲଦାରଙ୍କୁ ଅବଗତ କରାଇଥିଲେ ଉକ୍ତ ଜାଗାକୁ ଜବର ଦଖଲ ମୁକ୍ତ କରିବାକୁ। ତହସିଲଦାର ସେହି ଜାଗାକୁ ପୋଲିସ ସହାୟତାରେ ଜୁନ୍ ମାସ ୨୮ ତାରିଖରେ ଆଂଶିକ ଉଚ୍ଛେଦ କରି ଜବରଦଖଲ ମୁକ୍ତ କରିପାରିନାହାଁନ୍ତି। ଶୁଣିବାକୁ ମିଳୁଛି ନିକଟରେ ଥିବା ଏକ ମଠର କର୍ମକର୍ତାମାନେ ଆରଆଇ ଓ ତହସିଲଦାରଙ୍କୁ ଉଚ୍ଛେଦ ନକରିବା ପାଇଁ ଚାପ ପକାଉଥିବା ବିଶ୍ୱସ୍ତ ସୂତ୍ରରୁ ଶୁଣିବାକୁ ମିଳୁଛି ଯାହାକି ଅନୁସନ୍ଧାନସାପେକ୍ଷ। ତହସିଲଦାର ଓ ସିଡିପିଓଙ୍କ ଅସମ୍ଭବ ନୀରବତା ସମସ୍ତଙ୍କୁ ସନ୍ଦେହଘେରକୁ ଟାଣୁଛି। ସିଡିପିଓ ଏହି ଅଗଷ୍ଟ ୩୧ ତାରିଖ ୨୦୨୨ରେ ଅବସର ନେବାକୁ ଯାଉଥିବାବେଳେ ସେ ଅଙ୍ଗନବାଡି କର୍ମୀଙ୍କୁ ଓ ସ୍ଥାନୀୟ ସୁପରଭାଇଜର ଉପରେ ଅଙ୍ଗନବାଡି କେନ୍ଦ୍ର ଯାଗା ବଂଟନକୁ ନେଇ ମୁହଁ ନଖୋଲିବାକୁ ତାଗିଦ କରିଥିବା ଶୁଣିବାକୁ ମିଳୁଛି। ଯାହାଫଳରେ ସିଡିପିଓଙ୍କର ବିଫଳତା ପରିପ୍ରକାଶ ହୋଇଯିବ। ଜନସାଧାରଣ ଅତିଷ୍ଠ ହେଲେଣି। ଅଙ୍ଗନବାଡି କେନ୍ଦ୍ରକୁ ନେଇ ଏତେ ରାଜନୀତି ପିଲାମାନଙ୍କର ଭବିଷ୍ୟତକୁ ଅନ୍ଧାର ମଧ୍ୟକୁ ଠେଲି ଦେଇଛି। ମାସକୁ ୫ ହଜାର ଟଙ୍କା ଭଡା ଦେଇ କେତେଦିନ ଚାଲିବ ଅଙ୍ଗନବାଡି କେନ୍ଦ୍ର ତା ସମୟ ହିଁ କହିବ। ନିର୍ଦ୍ଦିଷ୍ଟ ମୁଷ୍ଟିମେୟ ଲୋକଙ୍କୁ ହାତ କରି ମଠର କର୍ମକର୍ତା ଆରଆଇ ଏବଂ ତହସିଲଦାରଙ୍କୁ ପ୍ରଭାବିତ କରିବା ପାଇଁ ପ୍ରାଣମୂର୍ଚ୍ଛା ଉଦ୍ୟମ କରୁଛନ୍ତି। ଯାହାଫଳରେ ସରକାରୀ ନିୟମ ପାଳନ କରିବାରେ ଅହେତୁକ ବିଳମ୍ବ ହେଉଛି। ଖୋର୍ଦ୍ଧା ଜିଲ୍ଲାପାଳ ଏହି ବିଷୟରେ ଅବଗତ ଥିବା ସତ୍ତ୍ୱେ ତହସିଲଦାର ଓ ସିଡିପିଓ ଏବଂ ରେଭିନ୍ୟୁ ଇନ୍ସପେକ୍ଟରଙ୍କ ତାଙ୍କୁ ଭୁଆଁ ଭୁଲେଇ ସମୟ ଗଡାଇବାରେ ବ୍ୟସ୍ତ। ଏଥିରେ ଅବଗତି ନିମନ୍ତେ ରାଜ୍ୟ ବିଧାନସଭାରେ ଗାଙ୍ଗୋତ୍ରୀ ନଗର ନୂତନ ଅଙ୍ଗନବାଡି କେନ୍ଦ୍ର ପାଇଁ ବିଧାୟକ ସାଲୁଗା ପ୍ରଧାନ ଏକ ମୌଖିକ ପ୍ରଶ୍ନ ପଚାରିଥିଲେ। ବିଭାଗୀୟ ମହିଳା ଶିଶୁ ବିକାଶ ମନ୍ତ୍ରୀ ବାସନ୍ତୀ ହେମ୍ବ୍ରମ୍ ୦୨.୦୭.୨୦୨୨ରେ ମୌଖିକ ପ୍ରଶ୍ନ ନଂ-୩ର ଉତର ଦେଇ କହିଥିଲେ ଲିଙ୍ଗିପୁର ଗ୍ରାମପଂଚାୟତ ଅଧୀନସ୍ଥ ଗାଙ୍ଗୋତ୍ରୀ ନଗରଠାରେ ଅଙ୍ଗନବାଡି କେନ୍ଦ୍ର ପାଇଁ ଭୁବନେଶ୍ୱର ତହସିଲଦାର ତାଙ୍କ ପତ୍ର ସଂଖ୍ୟା-୯୨୩୪, ତା.୩୧.୦୫.୨୦୨୨ରେ AO-୨୦୦ ଯାଗା ପ୍ଲଟ ନଂ-୯୧, ଖାତା ନଂ-୭୬୧ରେ ବିଡିଓଙ୍କୁ ଯାଗା ବଂଟନ କରିବା ସତ୍ତ୍ୱେ ଉକ୍ତ ପ୍ଲଟଟି ଜବରଦଖଲ ହୋଇଥିବାରୁ ଗୃହନିର୍ମାଣ ଅଦ୍ୟାବଧି ହୋଇପାରିନାହିଁ। ଏଥିପାଇଁ ଭୁବନେଶ୍ୱର ଡିସିପିଙ୍କୁ ଉପଜିଲ୍ଲାପାଳ ଭୁବନେଶ୍ୱରଙ୍କ ପତ୍ର ସଂଖ୍ୟା- ୪୭୫୮, ତା.୨୨.୦୬.୨୨ରେ ଜବରଦଖଲ ଉଚ୍ଛେଦ ପାଇଁ ଆବଶ୍ୟକ ପଦକ୍ଷେପ ନେବାକୁ ଅନୁରୋଧ କରାଯାଇଥିବା ମନ୍ତ୍ରୀ ତାଙ୍କ ଉତର ବିଧାନସଭାରେ ଦେଇଥିଲେ। ଏଠାରେ ପ୍ରଶ୍ନ ଉଠୁଛି ୨ମାସ ଉପରକୁ ହୋଇଯିବା ସତ୍ତ୍ୱେ କ'ଣ ପାଇଁ ଗାଙ୍ଗୋତ୍ରୀ ନଗର ନୂତନ ଅଙ୍ଗନବାଡି କେନ୍ଦ୍ର ପାଇଁ ଯାଗା ହସ୍ତାନ୍ତର ହୋଇପାରୁନାହିଁ ତାହା ତଦନ୍ତ କରି ରାଜ୍ୟ ସରକାର ସିଡିପିଓ, ତହସିଲଦାର ଓ ରେଭିନ୍ୟୁ ଇନ୍ସପେକ୍ଟରଙ୍କ ଉପରେ ଦୃଢ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଦାବି ହୋଇଛି। ଅଙ୍ଗନବାଡି କେନ୍ଦ୍ରରେ ଛତୁଆ ବଂଟନ ଠାରୁ ଆରମ୍ଭ କରି ଗର୍ଭବତୀ ମହିଳାମାନଙ୍କୁ ଅଣ୍ଡା, ଲଡୁ ଏବଂ ଛୋଟପିଲାମାନଙ୍କ ପାଇଁ ରନ୍ଧା ଖାଦ୍ୟ ଦେବା ପାଇଁ ବହୁ ଅସୁବିଧାର ସମ୍ମୁଖୀନ ହେଉଛି ଅଙ୍ଗନବାଡି କେନ୍ଦ୍ର। ସିଡିପିଓ ନିଜର କର୍ତବ୍ୟରେ ହେଳା କରୁଥିବାରୁ ତାଙ୍କୁ ତୁରନ୍ତ ଚାକିରୀରୁ ନିଲମ୍ବନ କରିବା ପାଇଁ ଦାବୀ ହୋଇଛି।

କେନ୍ଦୁଝରଗଡ଼ ମ୍ୟୁନିସିପାଲଟିରେ ଅବହେଳିତ ପୋଖରୀର ପୁନରୁଦ୍ଧାର କେବେ

କେନ୍ଦୁଝର, (ପି.ଏନ): କେନ୍ଦୁଝରଗଡ଼ ମ୍ୟୁନିସପାଲଟି ଅଂଚଳ ମଧ୍ୟରେ ରାଜା ରାଜୋଡା ସମୟରୁ ରହିଥିବା ତଥା ଅବହଳିତ ଅବସ୍ଥାରେ ପଡି ରହିଥିବା କେତେକ ପୋଖରୀର ଇତିମଧ୍ୟରେ ପୁନରୁଦ୍ଧାର ସାଙ୍ଗକୁ ସୌନ୍ଦର୍ଯ୍ୟକରଣ କାର୍ଯ୍ୟକ୍ରମ ବିଭାଗ ପକ୍ଷରୁ ଗ୍ରହଣ କରାଯିବା ସହ ଶେଷ ମଧ୍ୟ କରାଯାଇଛି । ସେ ସମୟରେ ପ୍ରଜା ମାନଙ୍କର ହିତ ତଥା ବ୍ୟବହାର ପାଇଁ ରାଜାମାନେ ପୋଖରୀ ମାନ ଖୋଳିଥିଲେ । ଯାହା ମଧ୍ୟରେ ପୁରାତନ ହାତବନ୍ଧ ପୋଖରୀ, ବଡଶାସନ ପୋଖରୀ ଆଦି ରହିଛି । ଅବଶ୍ୟ ଖଣିଜ ପାଣ୍ଠିରୁ ଏଥିପାଇଁ ଅର୍ଥ ଯୋଗାଇ ଦିଆଯାଉଛି । ତଥାପି ଅନ୍ୟ କେତେକ ପୋଖରୀ ରହିଯାଇଥିଲେ ମଧ୍ୟ ଦୃଷ୍ଟି ଦିଆଯାଉ ନଥିବା ଅଭିଯୋଗ ହେଉଛି । ଯଦିଓ ପୂର୍ବରୁ କେତେକ କ୍ଷେତ୍ରରେ ବର୍ଷକୁ ବର୍ଷ କେନ୍ଦୁଝରଗଡ଼ ମ୍ୟୁନିସିପାଲଟି ପକ୍ଷରୁ ପୋଖରୀର ପୁନରୁଦ୍ଧାର ନାମରେ କେବଳ କେତେକ ପୋଖରୀର ଅଧପନ୍ତରିଆ ପଙ୍କ ଉଦ୍ଧାର କରାଯାଇ କାର୍ଯ୍ୟ ଶେଷ ଦର୍ଶାଯାଇ ବିଲ୍ କରାଯାଇଥାଏ । ଯଦିଓ ଚଳିତ ଥର ପୁନରୁଦ୍ଧାର ସାଙ୍ଗକୁ ସୌନ୍ଦର୍ଯ୍ୟକରଣ କାର୍ଯ୍ୟକ୍ରମ କରାଯାଉଛି । ଏଥର ଦ୍ୱିତୀୟ ଥର ପାଇଁ ବିଳମ୍ବରେ ହେଲେ ବି ପୁଣି ପାଓ୍ୱାର ହାଉସ ଓ ଉପାଧ୍ୟାୟ ପୋଖରୀ ଦ୍ୱୟର ପୁନରୁଦ୍ଧାର ସାଙ୍ଗକୁ ସୌନ୍ଦର୍ଯ୍ୟକରଣ କାର୍ଯ୍ୟକ୍ରମ ହାତକୁ ନିଆଯାଇଛି । ଏଥିପାଇଁ ସର୍ଭେ କାର୍ଯ୍ୟ ମଧ୍ୟ ଆରମ୍ଭ ହୋଇଛି । ଓଡିଶା ବ୍ରିଜ କନଷ୍ଟ୍ରକସନ କମ୍ପାନୀ ପକ୍ଷରୁ ଏହି କାମ କରାଯାଉଥିବା ଜଣାପଡିଛି । କିନ୍ତୁ, ସବୁ ସତ୍ତ୍ୱେ ଏବେ ବି କେନ୍ଦୁଝରଗଡ଼ ମ୍ୟୁନିସିପାଲଟି ଅଂଚଳରେ ଅନ୍ୟ କେତେକ ପୋଖରୀ ଅବହେଳିତ ଅବସ୍ଥାରେ ରହିଅଛି । ସେଥିପ୍ରତି ମ୍ୟୁନିସପାଲଟି କର୍ତୃପକ୍ଷଙ୍କ ଦୃଷ୍ଟି ପଡିବା ନିହାତି ଦରକାର । ସହର ମଧ୍ୟରେ ୧୩ ନମ୍ବର ୱାର୍ଡ ତଥା ମନୋଜମଞ୍ଜରୀ ଶିଶୁ ଭବନ ପାର୍ଶ୍ୱରେ ତଥା କନଭେଂଟ ସ୍କୁଲ ପଛପଟେ ରହିଥିବା ରାଜାଙ୍କ ସମୟର ପୋଖରୀ, ଡି.ଆର.ଡି.ଏ. ଅଫିସ ସମ୍ମୁଖ ପୋଖରୀ, ଶିରିପୁର ପୋଖରୀ ଆଦି ଗୁଡିକ ପୁନରୁଦ୍ଧାର ସହ ସୌନ୍ଦର୍ଯ୍ୟକରଣର କାର୍ଯ୍ୟକ୍ରମ ହାତକୁ ନିଆଯିବାର ଆବଶ୍ୟକତା ରହିଅଛି । ଏ ଦିଗରେ କେନ୍ଦୁଝରଗଡ଼ ମ୍ୟୁନିସପାଲଟି କର୍ତୃପକ୍ଷ ତୁରନ୍ତ ପଦକ୍ଷେପ ନେବା ଲାଗି ବିଭିନ୍ନ ମହଲରୁ ଦାବୀ ଉଠିଛି । ଅନୁରୂପ ଭାବେ ଜିଲ୍ଲାପାଳ ଲୋକଙ୍କ ସମୂହ ସ୍ୱାର୍ଥ ପାଇଁ ଏ ଦିଗରେ କେନ୍ଦୁଝରଗଡ଼ ମ୍ୟୁନିସିପାଲଟି ନିର୍ବାହୀ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେବା ସହ ଆବଶ୍ୟକ ଅର୍ଥ ପ୍ରଦାନ କରିବା ଦିଗରେ ପଦକ୍ଷେପ ନେବେ ବୋଲି ପୌରବାସୀ ଆଶା ରଖିଛନ୍ତି । ଏବଂ ମ୍ୟୁନିସିପାଲଟିର ନିର୍ବାଚିତ ପ୍ରତିନିଧିମାନଙ୍କର ମଧ୍ୟ ଏ ଦିଗରେ ସେମାନଙ୍କର ରହିଥିବା ଦାୟିତ୍ୱବୋଧକୁ ଉପଯୋଗ କରିବେ ବୋଲି ପୌରବାସୀ ଆଶା କରିବା ସ୍ୱଭାବିକ୍।

ପାଣି ପଂଚାୟତ ସଚେତନତା ରଥ ଉଦଘାଟିତ

ପୁରୀ, (ପି.ଏନ): ଜଳର ସଠିକ ପରିଚାଳନା ଓ ସୁ ବିନିଯୋଗ ସମ୍ପର୍କରେ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ପାଣି ପଂଚାୟତ ପକ୍ଷ ପାଳନ କରାଯାଉଛି। ଏହି ପରିପ୍ରେକ୍ଷୀରେ ଏକ ସଚେତନତା ରଥକୁ ଆଜି ଜିଲ୍ଲାପାଳ ସମର୍ଥ ବର୍ମା ପତାକା ଦେଖାଇ ଉଦଘାଟନ କରିଛନ୍ତି। ଏହି ରଥ ଚଳିତ ମାସ ୧୫ ତାରିଖ ପର୍ଯ୍ୟନ୍ତ ଜିଲ୍ଲାର ବିଭିନ୍ନ ପାଣି ପଂଚାୟତ ବୁଲି ସଦସ୍ୟ ଓ ସମସ୍ତ କୃଷକ ମାନଙ୍କୁ ପାଣିର ଉପଯୋଗ ସମ୍ପର୍କରେ ସଚେତନତାର ବାର୍ତା ଦେବ। ପାଣି ପଂଚାୟତ ପକ୍ଷ ପାଳନ ଅବସରରେ ଜଳସମ୍ପଦ ବିଭାଗ ପକ୍ଷରୁ ଏହାର ଆୟୋଜନ କରାଯାଇଛି। ସହଭାଗି ଜଳସେଚନ ମାଧ୍ୟମରେ ତୃଣମୂଳ ସ୍ତରରେ ଜଳର ଉପଲବ୍ଧତାରେ ଗୁଣାତ୍ମକ ମାନ ବୃଦ୍ଧି ପରିପ୍ରେକ୍ଷୀରେ ପାଣି ପଂଚାୟତ ପକ୍ଷ ପାଳନ କରାଯାଇଥାଏ ବୋଲି ବିଭାଗୀୟ ଅଧିକ୍ଷଣ ଯନ୍ତ୍ରୀ ରତ୍ନାକର ଦଳାଇ ସୂଚନା ଦେଇଥିଲେ।ଏହି କାର୍ଯ୍ୟକ୍ରମରେ ଉପଖଣ୍ଡ ଉପ ନିର୍ବାହୀ ଯନ୍ତ୍ରୀ ଭାଗବତ ମଲ୍ଲିକ, ପ୍ରଦୀପ କୁମାର ପାତ୍ର, ସନାତନ ପ୍ରଧାନ, ତନୁଜ କୁମାର ରାଉତ, ହିମାଂଶୁ ଶେଖର ଜେନା, ଶତାବ୍ଦୀ ଚୌଧୁରୀ,ସହକାରୀ ଯନ୍ତ୍ରୀ ଦୁର୍ଗା ମାଧବ ମିଶ୍ର, ଶିଶିର କାନ୍ତ ସାହୁ, ବିଜୟ କୁମାର ମିଶ୍ର, ବିଚିତ୍ରା ନନ୍ଦ ମାଝି, ସୁଶାନ୍ତ କୁମାର ଦୋରା ପ୍ରମୁଖ ଉପସ୍ଥିତ ଥିଲେ।

ମାଛଧରା ବୋଟ୍‌ରୁ ଖସିପଡି ମତ୍ସ୍ୟଜୀବୀ ମୃତ

ପାରାଦୀପ (ପିଏନ୍)-ପାରାଦୀପ ନେହେରୁ ବଙ୍ଗଳାସ୍ଥିତ ମାଛଧରା ବନ୍ଦରରେ ଏକ ମାଛଧରା ବୋଟ୍‌ରୁ ଖସିପଡି ଜନୈକ ମତ୍ସ୍ୟଜୀବୀଙ୍କର ମୃତ୍ୟୁ ଘଟିଛି । ଘଟଣାରୁ ପ୍ରକାଶ ଯେ, ବିଳମ୍ବିତ ରାତିରେ ପାରାଦୀପ ମାଛଧରା ବନ୍ଦରରେ ଏକ ବୋଟ୍ ଲୋକନାଥ-୩ ବୋଟ୍‌ରେ ନିଜ କାମ ସାରି ଶୋଇବାକୁ ଯାଇଥିଲେ ଭଦ୍ରକ ଜିଲ୍ଲା ଧାମରା ନିକଟସ୍ଥ ବାଂଶଗଡା ଗ୍ରାମର ମଥୁରା ମାଝୀଙ୍କ ପୁଅ ମହେଶ୍ୱର ମାଝୀ। ଅସାବଧାନତା ଯୋଗୁଁ ମହେଶ୍ୱର ତଳକୁ ଖସି ପଡିଥିଲେ। ସ୍ଥାନୀୟ ମତ୍ସ୍ୟଜୀବୀମାନେ ବହୁ ଖୋଜାଖୋଜି କରିବା ପରେ ବି ମହେଶ୍ୱରଙ୍କର କୌଣସି ସନ୍ଧାନ ମିଳି ନଥିଲା । ଖବରପାଇ ଓଡ୍ରାଫ ଟିମ୍ ମାଛଧରା ବନ୍ଦରରେ ପହଂଚି ଖୋଜାଖୋଜି କରିଥିଲେ। ବହୁ ସମୟ ଖୋଜାଖୋଜି କରିବା ପରେ ମହେଶ୍ୱରଙ୍କ ମୃତଦେହ ଉଦ୍ଧାର କରିଥିଲେ । ମୃତ ମହେଶ୍ୱର ଲୋକନାଥ-୩ ବୋଟ୍‌ରେ କାମ କରୁଥିଲେ । ପାରାଦୀପ ମେରାଇନ୍ ପୋଲିସ୍ ଶବ ଜବତ ପରେ ବ୍ୟବଚ୍ଛେଦ ନିମନ୍ତେ ପଠାଇଥିଲେ ।

ଗଂଜେଇ ଚୋରା ବ୍ୟବସାୟ କରୁଥିବା ଅଭିଯୋଗରେ ବ୍ୟବସାୟୀ ଗିରଫ

ପାରାଦୀପ (ପିଏନ୍)-ପାରାଦୀପ ମଧୁବନ ଅଂଚଳରେ ଚୋରା ଗଂଜେଇ ବ୍ୟବସାୟ କରୁଥିବା ଅଭିଯୋଗରେ ପାରାଦୀପ ଆଦର୍ଶ ଥାନା ପୋଲିସ ବ୍ୟବସାୟୀକୁ ଗିରଫ କରିବା ସହ ତା' ନିକଟରୁ ଦୁଇ କିଲୋ ଚାରିଶ ଗ୍ରାମ ମେରିଜୁଆନ୍ (ଗଂଜେଇ) ଜବତ କରିଛି । ପାରାଦୀପ ପୋଲିସ୍ ସୂତ୍ରରୁ ପ୍ରକାଶ ଯେ, ଜଗତସିଂହପୁର ଜିଲ୍ଲା ବାଲିକୁଦା ଥାନା ଅନ୍ତର୍ଗତ ନଲରା ଗ୍ରାମର ରାଜକିଶୋର ପାତ୍ରଙ୍କ ପୁଅ ବାପି ଓରଫ ବାପିନା ପାତ୍ର (୩୮) ପାରାଦୀପ ମଧୁବନ କେବିନ୍ ମାର୍କେଟ୍ ସବଷ୍ଟେସନ୍ ନୂଆ ରାସ୍ତାରେ ଗଂଜେଇ ବ୍ୟବସାୟ କରୁଥିବା ଖବର ପାଇ ପାରାଦୀପ ଆଦର୍ଶ ଥାନା ପୋଲିସ୍ ସେଠାରେ ପହଂଚି ଅଭିଯୁକ୍ତକୁ ଗିରଫ କରିବା ସହ ତା' ନିକଟରୁ ୨.୪୦୦ ଗ୍ରାମ୍ ଚୋରା ଗଂଜେଇ ଜବତ କରିଥିଲା । ପରେ ପାରାଦୀପ ପୋଲିସ୍ ପକ୍ଷରୁ ୨୪୦/୨୨ରେ ମାମଲା ରୁଜୁ କରାଯାଇ କୋର୍ଟ ଚାଲାଣ କରାଯାଇଥିବା ପାରାଦୀପ ପୋଲିସ୍ ସୂତ୍ରରୁ ପ୍ରକାଶ ।

ନବୀକୃତ ଦୃଷ୍ଟିହୀନ ଓ ବଧିର ବିଦ୍ୟାଳୟ ଉଦ୍‌ଘାଟିତ

କେନ୍ଦୁଝର (ପିଏନ୍): କେନ୍ଦୁଝର ମନୋଜ ମଂଜରୀ ଶିଶୁ ଭବନ ଦ୍ୱାରା ପରିଚାଳିତ ସିଦ୍ଧମଠ ସ୍ଥିତ ଦୃଷ୍ଟିହୀନ ଓ ବଧିର ବିଦ୍ୟାଳୟର ଶ୍ରେଣୀ ଗୃହ ଜେ.ଏସ୍.ଡବ୍ଲୁ. ଷ୍ଟିଲ ଲିଃ ବଡବିଲ ସହାୟତାରେ ନବୀକୃତ କରାଯାଇଛି। ସ୍ୱାଧିନତାର ୭୫ ବର୍ଷ ପୂର୍ତ୍ତୀ ଅବସରରେ ନବୀକୃତ ବିଦ୍ୟାଳୟକୁ କେନ୍ଦୁଝର ଡିଏଫଓ ଧନରାଜ ଏଚ୍‌ଡି ଉଦ୍‌ଘାଟନ କରିଛନ୍ତି। ସ୍ୱାଧିନତାର ୭୫ ବର୍ଷ ପୂର୍ତ୍ତୀ ଅବସରରେ ସାରା ଦେଶ 'ଆଜାଦ କୀ ଅମୃତ ମହୋତ୍ସବ' ପାଳନ କରିଥିବାବେଳେ ସିଏସ୍‌ଆର କାର୍ଯ୍ୟକ୍ରମରେ ଏହି ମହନୀୟ କାମ କରିଥିବାରୁ କମ୍ପାନୀ କର୍ତ୍ତୃପକ୍ଷଙ୍କୁ ଧନ୍ୟବାଦ ଜଣାଇଥିଲେ। ଭିନ୍ନକ୍ଷମ ଛାତ୍ରଛାତ୍ରୀମାନେ ଶିକ୍ଷାକ୍ଷେତ୍ରରେ ନିଜର ଦକ୍ଷତା ପ୍ରତିପାଦନ କରି ସମାଜରେ ପ୍ରତିଷ୍ଠା ଲାଭ କରିବା ପାଇଁ ସେ ପରାମର୍ଶ ଦେଇଥିଲେ। ସମ୍ମାନୀତ ଅତିଥିଭାବେ ଜେ.ଏସ୍,ଡବ୍ଲୁ (ମାଇନ୍ସ ଅପରେସନ) ଉପସଭାପତି ବିଶ୍ୱରଂଜନ ପାଢୀ ଯୋଗଦେଇ ୭୫ତମ ପୂର୍ତ୍ତୀ ଉପଲକ୍ଷେ ସମସ୍ତ ଛାତ୍ରଛାତ୍ରୀଙ୍କୁ ଶୁଭେଚ୍ଛା ଜଣାଇବା ସହ ସେମାନଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ଏଥିସହିତ ସ୍ୱାଧିନତା ଆଣିବା ପାଇଁ ଯେଉଁ ବୀରପୁତ୍ରମାନେ କଠିନ ପରିଶ୍ରମ କରିଥିଲେ, ସେମାନଙ୍କ ସ୍ମୃତିଚାରଣ କରିଥିଲେ। ମନୋଜ ମଂଜରୀ ଶିଶୁ ଭବନର ସମ୍ପାଦକ ସତ୍ୟନାରାୟଣ ମିଶ୍ର ଦୃଷ୍ଟିହୀନ ଓ ବଧିର ବିଦ୍ୟାଳୟ ନବୀକରଣରେ ଜେ.ଏସ.ଡବ୍ଲୁ. ସହଯୋଗର ହାତ ବଢାଇଥିବାରୁ ଉପସ୍ଥିତ ଅଧିକାରୀଙ୍କୁ କୃତଜ୍ଞତା ଜ୍ଞାପନ କରିଥିଲେ। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଜଗନ୍ନାଥ ମୋଦି ଭିନ୍ନକ୍ଷମ ଛାତ୍ରଛାତ୍ରୀଙ୍କ ଭିନ୍ନକ୍ଷମ ପ୍ରମାଣପତ୍ର ବା ୟୁଡିଆଇଡି ସାର୍ଟିଫିକେଟ ଅନଲାଇନରେ ଅଗଷ୍ଟ ମାସ ଶେଷ ସୁଦ୍ଧା କରିବାକୁ କହିଥିଲେ। ଏହି ଉପଲକ୍ଷେ ଅନୁଷ୍ଠିତ ସଭାରେ ଦୃଷ୍ଟିହୀନ ବିଦ୍ୟାଳୟର ପ୍ରଧାନଶିକ୍ଷକ ମନୋଜ କୁମାର ରଥ ସଭାପତିତ୍ୱ କରିଥିଲେ। ଉଦ୍‌ଘାଟନୀ ସମାରୋହରେ ଅନ୍ୟମାନଙ୍କ ମଧ୍ୟରେ ଜେ.ଏସ.ଡବ୍ଲୁ. ଷ୍ଟିଲ ଲିଃ କର୍ପୋରେଟ କମ୍ୟୁନିକେସନ ଜିଏମ ବିଶ୍ୱରାଜ ଦଳଗଡେ, ସିଏସ୍‌ଆର ହେଡ୍ କେଦାର ନାଥ ଶର୍ମା, ସିଏସ୍‌ଆର ଡେପୁଟି ମ୍ୟାନେଜର ପାର୍ଥସାରଥି ବେଉରିଆ, ସିନିୟର ମ୍ୟାନେଜର ଯୁଗଳ କିଶୋର ବାରିକ, ଆସିଷ୍ଟାଣ୍ଟ ମ୍ୟାନେଜର ସତ୍ୟବ୍ରତ ବେହେରା ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ ବଧିର ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରତ୍ନାକର ସାହାଣୀ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ ଦୃଷ୍ଟିହୀନ ଓ ବଧିର ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ମିଷ୍ଟାନ୍ନ ବଣ୍ଟନ କରାଯାଇଥିଲା।

—ଗଜରାଜଙ୍କ ପାଇଁ ସବୁଜ ସଂକଳ୍ପ—

ଗଜରାଜଙ୍କ ସୁରକ୍ଷା ପାଇଁ ଅଣ୍ଟା ଭିଡ଼ିଲେ ବନବାସୀ

ଭୁବନେଶ୍ୱର (ପିଏନ୍): ହାତୀ ପାଇଁ ଦିନଟିଏ। ଗଜରାଜଙ୍କ ସୁରକ୍ଷା ପାଇଁ ପ୍ରତିବର୍ଷ ଅଗଷ୍ଟ ମାସ ୧୨ ତାରିଖଟିକୁ ବିଶ୍ୱ ହସ୍ତୀ ଦିବସ ରୂପେ ପାଳନ କରାଯାଇଥାଏ। ପରିବେଶ ସନ୍ତୁଳନରେ ହାତୀ ପ୍ରମୁଖ ଭୂମିକା ଗ୍ରହଣ କରିଥାଏ। କିନ୍ତୁ ଏବେ ବିପଦରେ ଗଜରାଜ। କେତେବେଳେ ହାତୀ-ମଣିଷ ସଂଘର୍ଷ ଭିତରେ ଉଭୟଙ୍କ ଜୀବନ ଯାଉଛି ତ ଆଉ କେତେବେଳେ ବିଦ୍ୟୁତ୍ ଆଘାତରେ ତ ଆଉ କେତେବେଳେ ଟ୍ରେନ୍ ଧକ୍କାରେ ତ ଆଉ କେତେବେଳେ ଶିକାରୀ ଗୁଳିରେ ଜୀବନ ଯାଉଛି। ଯଦି କ୍ରମାଗତ ଭାବରେ ଏହିପରି ପ୍ରତ୍ୟେହ ଅଘଟଣ ଘଟି ଚାଲେ ତେବେ ଖୁବ୍ କମ୍ ଦିନରେ ଆମ ରାଜ୍ୟ ଗଜଶୂନ୍ୟ ହୋଇଯିବ ବୋଲି ବନ୍ୟପ୍ରାଣୀ ବିଶେଷଜ୍ଞମାନେ ଉଦ୍‌ବେଗ ପ୍ରକାଶ କରିଛନ୍ତି। ଏହି ଦିବସ ପାଳନ ଅବସରରେ ଚନ୍ଦକା-ଡ଼ମପଡ଼ା ହସ୍ତୀ ଅଭୟାରଣ୍ୟ ଘେର ମଧ୍ୟରେ ରହିଥିବା ଆଦିବାସୀପଲ୍ଲୀ କନ୍ଦଳେଇଠାରେ ଏକ ଜନସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପରିବେଶବିତ୍ ସୁଶାନ୍ତ ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ବନବାସୀମାନେ ହାତୀମୁଖା ପିନ୍ଧି ନିଆରା ଢଙ୍ଗରେ ଜନ ସଚେତନତାର ବାର୍ତ୍ତା ବାଣ୍ଟିବା ସହ ଗଜରାଜଙ୍କ ସୁରକ୍ଷା ପାଇଁ ସଂକଳ୍ପ ନେଇଥିଲେ। ଏଠାରେ ଉଲ୍ଲେଖଯୋଗ୍ୟ ଯେ, ସଂପ୍ରତି ଜଙ୍ଗଲରେ ଖାଦ୍ୟାଭାବ ଯୋଗୁ ହାତୀ ଜନବସତି ମୁହାଁ ହେଉଛନ୍ତି। ଯଦ୍ୱାରା ଏମାନଙ୍କ ଜୀବନ ଅକାରଣେ ଚାଲିଯାଉଛି। ଖାଦ୍ୟ ଅଭାବ ଦୂର ପାଇଁ ଜଙ୍ଗଲରେ ସିଡ୍‌ସବଲ୍ ଅର୍ଥାତ୍ (ବିହନ ପେଣ୍ଡୁ) ମାଧ୍ୟମରେ ହାତୀର ପ୍ରିୟ ଖାଦ୍ୟ ଗଛ ସୃଷ୍ଟି

କେନ୍ଦ୍ର ସରକାରଙ୍କ ବଜେଟରେ ୪୮ କୋଟି ଅସଂଗଠିତ ଶ୍ରମିକଙ୍କ ସାମାଜିକ ସୁରକ୍ଷା ପାଇଁ କୌଣସି ବ୍ୟବସ୍ଥା ନାହିଁ

ଭୁବନେଶ୍ୱର, (ପି.ଏନ) : କେନ୍ଦ୍ର ସରକାରଙ୍କର ପାର୍ଲାମେଂଟରେ ପେବୃୟାରୀ ୧ ତାରିଖରେ ଆଗତ ହୋଇଥିବା ୪୮ କୋଟି ଶ୍ରମିକଙ୍କ ସାମାଜିକ ସୁରକ୍ଷା ପାଇଁ କୌଣସି ବଜେଟରେ ଦିଆଯାଇନାହିଁ। ଆନ୍ତର୍ଜାତିକ ଶ୍ରମ ସଂଗଠନ ସ୍ୱାସ୍ଥ୍ୟ ସୁରକ୍ଷା, ଶ୍ରମିକର ମୌଳିକ ଅଧିକାର କହୁଥିଲାବେଳେ ଦେଶରେ ସ୍ୱାସ୍ଥ୍ୟ ବ୍ୟବସ୍ଥାର ଉନ୍ନତି ପାଇଁ ଯଥେଷ୍ଟ ଅନୁଦାନ ଦିଆଯାଇନାହିଁ। ଅସଂଗଠିତ ଓ କୃଷି କ୍ଷେତ୍ରରେ କାମ କରୁଥିବା ଶ୍ରମିକ ମାନଙ୍କର ମାଲିକ ଓ ଶ୍ରମିକ ସଂପର୍କରେ ସ୍ଥାୟିତ୍ୱ ନଥିବା ହେତୁ ଏହି ଶ୍ରମିକମାନଙ୍କର ସ୍ୱାସ୍ଥ୍ୟ ସୁରକ୍ଷା ପାଇଁ ସମସ୍ତ ଟଙ୍କା ସରକାରଙ୍କୁ ଦେବାକୁ ପଡ଼ିବ ଏବଂ ଏମାନଙ୍କର ସାମାଜିକ ସୁରକ୍ଷା ପାଇଁ ବାର୍ଷିକ ଦେଢ଼ ଲକ୍ଷ କୋଟି ଟଙ୍କାରୁ ଅଧିକ ଆବଶ୍ୟକ ଥିବା ସ୍ଥଳେ ବଜେଟରେ ଆଦୌ ଅର୍ଥ ଦିଆଯାଇନାହିଁ ବୋଲି ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଜାତୀୟ ଉପସଭାପତି ତଥା ରାଜ୍ୟ ସଭାପତି ଡଃ ରାମଚନ୍ଦ୍ର ଖୁଂଟିଆ, ପ୍ରାକ୍ତନ ସାଂସଦ ଆଜି ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କାର୍ଯ୍ୟାଳୟରେ ଆଲୋଚନାରେ ଭାଗ ନେଇ କହିଛନ୍ତି। ଆୟକରରେ କିଛିଟା ସୁବିଧା ଦିଆଯାଇଥିଲେ ମଧ୍ୟ ଦେଶରେ ଅହେତୁକ ବୃଦ୍ଧି ହେତୁ ଷ୍ଟାଣ୍ଡାର୍ଡ଼ ଡିଡକ୍‌ସନ ଦୁଇ ଗୁଣରୁ ଅଧିକ ହେବା କଥା, ସେହି ତୁଳନାରେ ଦିଆଯାଇଥିବା ରିହାତି ପର୍ଯ୍ୟାପ୍ତ ନୁହେଁ। କେନ୍ଦ୍ର ସରକାର ଓ ପ୍ରଧାନମନ୍ତ୍ରୀ ବାରମ୍ବାର ସାର୍ବଜନିକ ସ୍ୱାସ୍ଥ୍ୟ ଓ ସାମାଜିକ ସୁରକ୍ଷା କଥା କହୁଥିଲାବେଳେ ଏହି ଅଧିକାର ସୁନିଶ୍ଚିତ କରିବା ପାଇଁ ଭାରତର ସମ୍ବିଧାନ ସଂଶୋଧନ କରି ଭାରତ ପ୍ରତ୍ୟେକ ନାଗରିକଙ୍କୁ ସ୍ୱାସ୍ଥ୍ୟ ଓ ସାମାଜିକ ସୁରକ୍ଷା ଦେବା ପାଇଁ ଏ ଆଲୋଚନାରେ ଦାବୀ କରାଯାଇଛି। ଏହି ଆଲୋଚନରେ କିଶୋର ଜେନା- ସାଧାରଣ ସଂପାଦକ, ଉପସଭାପତି - ମଦନ ମୋହନ ଧଳ, ଯୁଗ୍ମ ସାଧାରଣ ସଂପାଦକ - ଅକ୍ଷୟ ତ୍ରିପାଠି, କୋଷାଧ୍ୟକ - ଧରଣୀଧର ସ୍ୱାଇଁ, ଯୁବ ସଭାପତି - ବଷ୍ଣୁ ମୋହନ ରଥ ଓ ସମ୍ପାଦିକା - ବାସନ୍ତୀ ସାମଲ ପ୍ରମୁଖ ଆଲୋଚନାରେ ଭାଗ ନେଇଥିଲେ।

ମହିଳା ମହାବିଦ୍ୟାଳୟ ଅଧ୍ୟକ୍ଷାଙ୍କୁ ଅବସର ସମ୍ବର୍ଦ୍ଧନା

ଭଦ୍ରକ, (ପି.ଏନ): ଯେ କୌଣସି ବ୍ୟକ୍ତିର ଅବସର ଏକ କର୍ମ ମୁଖର ଜୀବନର ପରିସମାପ୍ତି ନୁହେଁ, ବରଂ ଏହା ଏକ ସଂଭାବନାମୟ ନୂଆ ସୂର୍ଯ୍ୟୋଦୟ। କ□ବ୍ୟନିଷ୍ଠ କର୍ମଜୀବୀଟିଏ ନିଜର ନିଷ୍ଠା, ଧୈର୍ଯ୍ୟ, ଏକାଗ୍ରତା, କର୍ମାନୁରକ୍ତି ଓ ସହନଶୀଳ ବ୍ୟବହାର ପାଇଁ ସମସ୍ତଙ୍କ ହୃଦୟରେ ନିଜର ଏକ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିଥାଏ ବୋଲି ସାରସ୍ୱତ ସାଧିକା ତଥା ଭଦ୍ରକ ମହିଳା ମହାବିଦ୍ୟାଳୟର ଅଧ୍ୟକ୍ଷା ସୁଚିତ୍ରା ପାଣିଗ୍ରାହୀଙ୍କ ଅବସରକୁ ସ୍ମରଣୀୟ କରିବାପାଇଁ ଆୟୋଜିତ ବିଦାୟ ସଂବର୍ଦ୍ଧନା ସଭାରେ ଉପସ୍ଥିତ ଶୈକ୍ଷିକ ଓ ଅଣଶିକ୍ଷକ କର୍ମଚାରୀମାନେ ମତ ପ୍ରକାଶ କରିଛନ୍ତି। ପ୍ରାଧ୍ୟାପିକା ସୁପ୍ରୀତି କରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଭାବବିହ୍ୱଳ ସଭାରେ ସଂଚାଳନ କରିଥିଲେ ପ୍ରାଧ୍ୟାପିକା ଅନୀତା ଦଳାଇ। ମନୋଜ ସାହୁ, ଆରତୀ ଜେନା, ନୀଳଗିରି ରବି ସାହୁ, ପ୍ରିୟଦର୍ଶିନୀ ସାହୁ, ଶୁଭଶ୍ରୀ ବେହେରା, ଭାଗ୍ୟଲକ୍ଷ୍ମୀ ବାରିକ୍, ସଂଘମିତ୍ରା ଦାସ, ନସିମା ନିଖତ୍, ନସିମା ଖାତୁନ୍, ଜ୍ୟୋତ୍ସ୍ନାରାଣୀ ଲେଙ୍କା, ଭବେଶ ସ୍ୱାଇଁ, ପ୍ରଦ୍ୟୁତ ପଣ୍ଡା, ସଂଗୀତା ଦାସ, ରାଜଲକ୍ଷ୍ମୀ ବାରିକ, ଆଭାମୟୀ ମହାପାତ୍ର, ସିଲେଷ୍ଟିନା ଏକ୍କା, ଅନୀତା ପୂର୍ତି ଓ ସୁଜାତା ମହାପାତ୍ର ପ୍ରମୁଖ ଅଧ୍ୟାପକ-ଅଧ୍ୟାପିକା ଓ କର୍ମଚାରୀମାନେ ବିଦାୟୀ ଅଧ୍ୟକ୍ଷାଙ୍କ ପ୍ରଶାସନିକ ତଥା ବହୁବର୍ଣ୍ଣା ବ୍ୟକ୍ତିତ୍ୱର ବର୍ଣ୍ଣନା କରି ଅବସର ଜୀବନ ପାଇଁ ସୁମନାସ ଜଣାଇଥିଲେ। ସଂବର୍ଦ୍ଧନାର ପ୍ରତ୍ୟୁ ରରେ ଶ୍ରୀମତୀ ପାଣିଗ୍ରାହୀ ଏହି ଶିକ୍ଷାନୁଷ୍ଠାନକୁ ନିଜ କର୍ମ ମନ୍ଦିର ଭାବି ଏହାର ସେବାରେ ନିଜ କର୍ମମୟ ଜୀବନର ସୁଦୀର୍ଘ ପଇଁତିରିଶି ବର୍ଷ ବିତେଇଥିବାରୁ ନିଜର ଆତ୍ମ ସନ୍ତୋଷବ୍ୟକ୍ତ କରିଥିଲେ। ବିଭିନ୍ନ ବିଭାଗ ପକ୍ଷରୁ ମଧ୍ୟ ତାଙ୍କୁ ଭବ୍ୟ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି। ପୂର୍ବାହ୍ନରେ ଅଧ୍ୟାପିକା ଅନୀତା ପୂ ଏବଂ ପ୍ରମିଳା ଜେନାଙ୍କ ପରିଚାଳନାରେ ଆଠଦିନ ବ୍ୟାପି ଆୟୋଜିତ ଛାତ୍ରୀ ଆତ୍ମରକ୍ଷା କୌଶଳ ଶିବିରକୁ ବିଦାୟୀ ଅଧ୍ୟକ୍ଷା ଉଦ୍‌ଘାଟନ କରିଥିଲେ।

ମଧୁମାଟି ସାହିତ୍ୟ ସଂସଦ ତରଫରୁ ଅଧ୍ୟାପକ ଡଃ ରଞ୍ଜନ କୁମାର ସ୍ୱାଇଁ ସମ୍ବର୍ଦ୍ଧିତ

ମାଲକାନଗିରି, (ପି.ଏନ): ମାଲକାନଗିରି ମହାବିଦ୍ୟାଳୟର ବାଣିଜ୍ୟ ବିଭାଗୀୟ ମୁଖ୍ୟ ଜିଲ୍ଲା ଯୁବ ରେଡକ୍ରସର ଆବାହକ ତଥା ସମ୍ପାଦକ, ଉତ୍କଳ ସମ୍ମିଳନୀ ଶାଖା ସଭାପତି ଡଃ. ରଞ୍ଜନ କୁମାର ସ୍ୱାଇଁଙ୍କୁ କଟକ ଜିଲ୍ଲା ଗୋପୀନାଥପୁର ଠାରେ ମଧୁମାଟି ସାହିତ୍ୟ ସଂସଦ ତରଫରୁ ମଧୁମାଟି ଗୋପବନ୍ଧୁ ସମ୍ମାନ -୨୦୨୩ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଛି। ଏହି ଅବସରରେ ଡଃ. ରଞ୍ଜନ କୁମାର ସ୍ୱାଇଁଙ୍କୁ ମାଲକାନଗିରି ମହାବିଦ୍ୟାଳୟ ତରଫରୁ ଅଧ୍ୟାପକ ଓ ଅଧ୍ୟାପିକାଙ୍କ ଗହଣରେ ଅଧ୍ୟକ୍ଷ ଅଶୋକ କୁମାର୍ ଷଡ଼ଙ୍ଗୀଙ୍କ ଦ୍ୱାରା ପୁଷ୍ପଗୁଚ୍ଛ ତଥା ଉତ୍ତରୀୟ ଦେଇ ସମ୍ମାନିତ କରାଯାଇଥିଲା। ମାଲକାନଗିରି ଜିଲ୍ଲାରେ ଡଃ. ରଞ୍ଜନ କୁମାର ସ୍ୱାଇଁଙ୍କ ମାନବବାଦୀ କାର୍ଯ୍ୟକଳାପ ଗୁଡ଼ିକୁ କଟକ ଜିଲ୍ଲା ସ୍ଥିତ ଗୋପୀନାଥପୁରରେ ଆୟୋଜିତ ଏହି ବର୍ଣାଢ୍ୟ ଉତ୍ସବରେ ଭୂୟସୀ ପ୍ରଶଂସା କରାଯାଇଥିଲା। ଆଦିବାସୀ ଅଧ୍ୟୁଷିତ ଏବଂ ନକ୍ସଲ୍ ପ୍ରବଣ ମାଲକାନଗିରି ଜିଲ୍ଲାରେ ସାହିତ୍ୟର ମଧୁସଂଚାର କରିବାରେ ଡଃ. ସ୍ୱାଇଁଙ୍କ ପ୍ରଚେଷ୍ଟା ମଧୁମାଟି ଉତ୍ସବରେ ତାଙ୍କ ନିମନ୍ତେ ଏବଂ ସମଗ୍ର ମାଲକାନଗିରି ଜିଲ୍ଲା ନିମନ୍ତେ ଗୌରବ

ବାକି ଟଙ୍କା ମାଗିବାରୁ ଥାନାରେ ଏତଲା ଦେଇ ମୋ ପୁଅକୁ ମିଥ୍ୟା କେସରେ ଫସାଇଲେ

କନ୍ଧମାଳ, (ପି.ଏନ); କନ୍ଧମାଳ ଜିଲ୍ଲାର ଜିଲ୍ଲା ପ୍ରେସ୍ କ୍ଲବ ଠାରେ ଏକ ସାମ୍ବାଦିକ ସମ୍ମିଳନୀରେ କେରେଡିର ବନିତା ଦିଗାଲ ବାକି ଟଙ୍କା ମାଗିବାରୁ ଥାନାରେ ଏତଲା ଦେଇ ମୋ ପୁଅକୁ ମିଥ୍ୟା କେସରେ ଫସାଇଛନ୍ତି ବୋଲି ଗଣମାଧ୍ୟମ ଆଗରେ ପ୍ରକାଶ କରିଛନ୍ତି।ବନିତାଙ୍କ କହିବା ଅନୁଯାୟୀ, ଆଜକୁ ଦୁଇ ବର୍ଷ ତଳେ ଧାର ଆକାରରେ ୩୦,୦୦୦/- ନେଇଥିଲେ ବଳରାମ ଦିଗାଲ। ତାଙ୍କର ଅସୁବିଧାର କାରଣ ଦର୍ଶାଇ ଠକୁଥିଲେ ଏବଂ ଧରାଛୁଆଁ ଦେଉ ନଥିଲେ। ଗତ ଜାନୁଆରୀ ୨୨ ତାରିଖ ସନ୍ଧ୍ୟାରେ ମୋର ପୁଅ ସୌମ୍ୟରଞ୍ଜନ ଦିଗାଲ ଏବଂ ପୁତୁରା ପ୍ରବିଣ ଦିଗାଲ ବଳରାମ ଦିଗାଲ ଘରକୁ ଯାଇ ଧାର ନେଇଥିବା ଟଙ୍କା ମାଗିବାରୁ ବଳରାମଙ୍କ ସ୍ତ୍ରୀ ଘରୁ ବାହାରି ଆସି ମୋ ସ୍ୱାମୀଙ୍କୁ କାହିଁକି ଡାକୁଛ ବୋଲି କହିଥିଲେ। ବଳରାମ ଘରୁ ବାହାରି ଆସି ଅଶ୍ଳୀଳ ଭାଷାରେ ଗାଳି ଗୁଲଜ କରିଥିଲେ। ମୋ ପୁଅ ଆଉ ପୁତୁରା ଭାଇ ବାକି ଟଙ୍କାଟା ଫେରସ୍ତ କରୁ ନାହାନ୍ତି କାହିଁକି ? କହିବାରୁ ବଳରାମ ଘର ଭିତରକୁ ଯାଇ ଲୁହା ରଡ଼ ଧରି ଆସି ମାରିବାକୁ ଚେଷ୍ଟା କରିବାରୁ ଆମେ ଜୀବନ ବିକଳରେ ସେଠାରୁ ପଳାଇ ଆସିଲୁ ।

ଫୁଲବାଣୀରେ ଜିଲ୍ଲାସ୍ତରୀୟ ପାଣି ପକ୍ଷ ପାଳନ

କନ୍ଧମାଳ,(ପି.ଏନ): ଓଡ଼ିଶା ସରକାରଙ୍କ ଜଳ ସମ୍ପଦ ବିଭାଗ ଦ୍ୱାରା ପାଣି ପଂଚାୟତ ପକ୍ଷ ପାଳନ କରାଯାଉଛି। ଏହି କ୍ରମରେ, କନ୍ଧମାଳ ଜିଲ୍ଲାରେ ଉଠା ଜଳସେଚନ ବିଭାଜନ, କନ୍ଧମାଳ, ଫୁଲବାଣୀ ଦ୍ୱାରା ସ୍ଥାନୀୟ କନ୍ଧମାଳ ଷ୍ଟାଡିୟମ ପଡ଼ିଆଠାରେ, ଆଜି ପାଣି ପଂଚାୟତ ପକ୍ଷ ପାଳନ କରାଯାଇଛି। ବାଲିଗୁଡ଼ା ବିଧାୟକ ଶ୍ରୀ ଚକ୍ରମଣି କହଁର ମୁଖ୍ୟ ଅତିଥିଭାବେ ଯୋଗଦେଇଥିବାବେଳେ ଖଜୁରୀପଡ଼ା ପଂଚାୟତ ସମିତି ଅଧ୍ୟକ୍ଷା ସୁଶ୍ରୀ ଅନିମା କହଁର ଓ ଡଃ ଅଶୋକ ତ୍ରିପାଠୀ ସମ୍ମାନୀତ ଅତିଥି ଭାବେ, ପ୍ରକଳ୍ପ ନିର୍ଦ୍ଦେଶକ ଜଳ ବିଭାଜିକା ଶ୍ରୀ ପ୍ରଶାନ୍ତ କୁମାର ତ୍ରିପାଠୀ ମୁଖ୍ୟବକ୍ତା ଭାବେ ଏବଂ ଅନ୍ୟାନ୍ୟ ଯନ୍ତ୍ରୀ ତଥା ଅଧିକାରୀ ଏବଂ ଜିଲ୍ଲାରୁ ଆସିଥିବା ବହୁ ସଂଖ୍ୟକ ଚାଷୀ ଯୋଗଦେଇଥିଲେ।କନ୍ଧମାଳ ଜଳସେଚନ ବିଭାଜନ ପରିସର ମଧ୍ୟରେ ନିର୍ବାହୀ ଯନ୍ତ୍ରୀ, ଇଂ ହିତେଶ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ବିଭାଜନ ସ୍ତରୀୟ ପାଣି ପଂଚାୟତ ସମାବେଶ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଜିଲ୍ଲାର ପାଣି ପଂଚାୟତ ପ୍ରତିନିଧି, ସହକାରୀ ନିର୍ବାହୀ ଯନ୍ତ୍ରୀ, ପିଲାସାଲୁଙ୍କି ଜଳସେଚନ ଉପ ବିଭାଜନଙ୍କ ସମେତ ଅନ୍ୟାନ୍ୟ ଅତିଥି ଏବଂ ଚାଷୀ ଭାଇମାନେ ଯୋଗଦେଇଥିଲେ। ସେହିପରି, ବିଭାଜନ ସ୍ତରୀୟ ପାଣି ପଞ୍ଚାୟତ ସମାବେଶ କନ୍ଧମାଳ କ୍ଷୁଦ୍ର ଜଳ ସେଚନ ବିଭାଜନ ପରିସର ମଧ୍ୟରେ ଅଧ୍ୟକ୍ଷଣ ଯନ୍ତ୍ରୀ ଇଂ ସୁନିଲ କୁମାର ତ୍ରିପାଠୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ବିଧାୟକ ଘୁ.ଉଦୟଗିରି ଶ୍ରୀ ସାଲୁଗା ପ୍ରଧାନ ଏଥିରେ ମୁଖ୍ୟ ଅତିଥିଭାବେ ଯୋଗ ଦେଇଥିବାବେଳେ, ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ, ଜିଲ୍ଲା ମତ୍ସ୍ୟ ଅଧିକାରୀ, ଉପ- ନିର୍ଦ୍ଦେଶକ, ଉଦ୍ୟାନ କୃଷିଙ୍କ ସମେତ ଜିଲ୍ଲାର ବହୁ ଚାଷୀ ତଥା ପାଣି ପଂଚାୟତ ପ୍ରତିନିଧିମାନେ ଯୋଗଦେଇଥିଲେ।ପାଣି ପଂଚାୟତ ସମ୍ବନ୍ଧୀୟ ପ୍ରାମାଣିକ ଚଳଚିତ୍ର ପ୍ରଦର୍ଶନ କରାଯାଇଥିଲା। ଅତିଥିମାନଙ୍କ ଦ୍ୱାରା ପାଣି ପଂଚାୟତ ସମ୍ବନ୍ଧୀୟ ପ୍ରତିଯୋଗିତାର ବିଜେତା ଛାତ୍ରଛାତ୍ରୀମାନଙ୍କୁ ପୁରସ୍କାର ବିତରଣ କରାଯାଇଥିଲା। ପାଣି ପଂଚାୟତ ପକ୍ଷ ପାଳନ ଉପଲକ୍ଷେ ସଚେତନତା ସୃଷ୍ଟି କରିବା ପାଇଁ ଆଜି ସକାଳେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରୁ ପାଣି ପଂଚାୟତ ରଥ ବାହାରିଥିଲା । ଏହି ସଚେତନ ରଥକୁ କନ୍ଧମାଳ ଜିଲ୍ଲାପାଳ ଶ୍ରୀ ଆଶିଷ ଇଶ୍ୱର ପାଟିଲ୍ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ।

ମୁଖ୍ୟ ଚିକିତ୍ସାଳୟରେ ନକଲି ଡାକ୍ତର ଗିରଫ, ଭଦ୍ରକ ଜିଲାରେ ଛତୁ ଫୁଟିବା ଭଳି ବୃଦ୍ଧି ପାଉଛି ଏମାନଙ୍କ ସଂଖ୍ୟା

ଭଦ୍ରକ, (ପି.ଏନ): ଭଦ୍ରକ ଜିଲା ମୁଖ୍ୟ ଚିକିତ୍ସାଳୟରେ ଜଣେ ନକଲି ଡାକ୍ତର ଚଂଚକତା କରି ବେକରେ ଷ୍ଟେଥୋ ଓ ଆଇଡି କାର୍ଡ ପକାଇ ମେଡିକାଲକୁ ଯାଉଥିବା ସମୟରେ ସନ୍ଦେହ କରି ସିଡିଏମ୍‌ଓ ତାଙ୍କୁ ଧରି ପୁଲିସ୍‌କୁ ହସ୍ତାନ୍ତର କରିଛନ୍ତି। ସୂଚନା ଅନୁସାରେ ଭଦ୍ରକ ଜିଲା ମୁଖ୍ୟ ଡାକ୍ତରଖାନାର ପ୍ରସୂତି ବିଭାଗର ସିକ୍ୟୁରିଟି ଗାର୍ଡ ଉର୍ବଶୀ ସାମଲଙ୍କୁ ଯାଜପୁର ଜିଲାର ଖର୍ଣ୍ଣା ଅଂଚଳର ରାଜୀବ ଲୋଚନ ନାୟକ ନାମକ ଜଣେ ଯୁବକ ନିଜକୁ ଡାକ୍ତର ପରିଚୟ ଦେଇଥିଲେ। ବେକରେ ଷ୍ଟେଥୋ ପକାଇଥିବାବେଳେ ଗାର୍ଡଙ୍କୁ ନୂଆ କରି ଜଏନ୍ କରିଥିବାରୁ ଓଟି ଓ ୱାର୍ଡକୁ ରାସ୍ତା ପଚାରି ଯାଇଥିଲେ। ସେହି ସମୟରେ ଜିଲା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ସନ୍ତୋଷ ପାତ୍ର ଗସ୍ତ କରୁଥିବା ସମୟରେ ସନ୍ଦେହ ହେବାରୁ ତାଙ୍କୁ ପରିଚୟ ପଚାରିଥିଲେ। ସେ ଜଣେ ଡାକ୍ତରଙ୍କୁ ଷ୍ଟେଥୋ ଦେବାକୁ ଯାଉଥିବା କଥା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ପାତ୍ରଙ୍କୁ କହିଥିଲେ। ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ପାତ୍ରଙ୍କୁ ନକଲି ଡାକ୍ତରଙ୍କର ଉ ର ସନ୍ତୋଷଜନକ ଲାଗିନଥିଲା। ତେଣୁ ସେ ମେଡିକାଲରେ ଥିବା ପୁଲିସ୍ ସହାୟତା କେନ୍ଦ୍ରର କର୍ମଚାରୀଙ୍କୁ ଖବର ଦେବାପରେ ସେମାନେ ତାଙ୍କୁ ଅଟକ ରଖି ଯା ଆରମ୍ଭ କରିଥିଲେ। ସେଠାରେ ତାଙ୍କୁ ପଚରାଉଚୁରା ବେଳେ ଯୁବକ ଜଣକ ନକଲି ଡାକ୍ତର ଓ ଯାଜପୁର ଜିଲା ଅଂଚଳର ବୋଲି ଜଣାପଡିଥିଲା। ତେବେ ଯୁବକଙ୍କୁ ଭଦ୍ରକ ଟାଉନ୍ ପୁଲିସ୍ ଅଟକ ରଖି ପଚରାଉଚୁରା କରିବା ସହ ଗରିଫ କରିଛି। ଯୁବକ ଜଣକ ଡାକ୍ତର ପରିଚୟ କାହିଁକି ଦେଇଥିଲେ ସେ ନେଇ ତଦନ୍ତ ପରେ ସ୍ପଷ୍ଟ ହେବ ବୋଲି ଜଣାପଡିଛି। ଏଠାରେ ସୂଚନାଯୋଗ୍ୟ ସମଗ୍ର ରାଜ୍ୟରେ ଏଭଳି ନକଲି ଡାକ୍ତରଙ୍କ ସଂଖ୍ୟା ଅହେତୁକ ଭାବେ ବୃଦ୍ଧି ପାଉଥିବାବେଳେ ସେମାନେ ଗ୍ରାମା ଳର ବିଭିନ୍ନ ମାର୍କେଟ୍‌ରେ କ୍ଲିନିକ୍ ଖୋଲି ରୋଗୀ ସେବା ଆଳରେ ବିପୁଳ ଅର୍ଥ ଉପାର୍ଜନ କରୁଛନ୍ତି। ଅନୁରୂପ ଭଦ୍ରକ ଜିଲାର ଗ୍ରାମା ଳରେ ଏଭଳି କ୍ୱାକ୍ ମାନଙ୍କ ସଂଖ୍ୟା ବୃଦ୍ଧି ପାଉଥିଲେ ବି ସେମାନଙ୍କ ପ୍ରତି ବିଭାଗୀୟ ଅଧିକାରୀଙ୍କ କୌଣସି ଅଂକୁଶ ରହୁନାହିଁ। ଗ୍ରାମା ଳ ମାନଙ୍କରେ ଏଭଳି ପସରା ମେଳାଇଥିବା ନକଲି ଡାକ୍ତରମାନଙ୍କର କୌଣସି ବିଧିବଦ୍ଧ ଡାକ୍ତରୀ ସାର୍ଟିଫିକେଟ୍ ଅଛି କି ନାହିଁ, ତାହା ପରୀକ୍ଷା ନିରୀକ୍ଷା ମଧ୍ୟ ହେଉନାହିଁ। ଫଳରେ ସେମାନେ ବିଭିନ୍ନ ଏଲୋପ୍ୟାଥିକ ଔଷଧ ଦେଇ ଅକାରଣରେ ବହୁ ଜନଜୀବନ ହାନିର କାରଣ ହେଉଛନ୍ତି। ବିଶେଷକରି ଏହିଭଳି ନକଲି ଡାକ୍ତରଙ୍କୁ ହାତକରି କେତେକ ମେଡିସିନ୍ ଏଜେ ମଧ୍ୟ ଉକ୍ତ ଅଂଚଳରେ ସେମାନଙ୍କର ବ୍ୟବସାୟ ବେଶ୍ ସୁରୁଖୁରୁରେ ଚଳାଇ ଆସୁଥିବାବେଳେ ଅନେକ ସ୍ଥାନରେ ମଧ୍ୟ ଏହି ଏଜେ ମାନେ ନିଜକୁ ଡାକ୍ତର ବୋଲାଇ ଚିକିତ୍ସା ମଧ୍ୟ କରୁଥିବାରୁ ନଜରକୁ ଆସିଛି। ଭଦ୍ରକ ସହରରେ ମଧ୍ୟ ଏହିଭଳି କିଛି ଡାକ୍ତର ରହିଥିବା ବିଷୟ ନିର୍ଭରଯୋଗ୍ୟ ସୂତ୍ରରୁ ଜଣାପଡିଛି। ସେମାନେ ସେମାନଙ୍କ ଶିକ୍ଷାଗତ ଯୋଗ୍ୟତା ସଠିକ୍ ନଥିଲେ ମଧ୍ୟ ନିଜ ନାମ ଫଳକରେ ଜାଲ୍ ଯୋଗ୍ୟତା ଦର୍ଶାଇ ରୋଗୀଙ୍କୁ ଶୋଷଣ କରିଚାଲିଛନ୍ତି। ଏଣୁ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଏଭଳି ଡାକ୍ତରମାନଙ୍କର ଶିକ୍ଷାଗତ ପ୍ରମାଣପତ୍ର ଯା କରିବାକୁ ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି।

ଉଠା ଜଳ ସେଚନ କେନ୍ଦ୍ରାପଡା ବିଭାଜନ ପକ୍ଷରୁ ଜିଲ୍ଲାସ୍ତରୀୟ ପାଣି ପଂଚାୟତ ପକ୍ଷ ପାଳନ

କେନ୍ଦ୍ରାପଡ଼ା, (ପି.ଏନ): କେନ୍ଦ୍ରାପଡା ର ତିନିମୁହାଣୀ ସ୍ଥିତ ଉଠା ଜଳ ସେଚନ ଖଣ୍ଡ କେନ୍ଦ୍ରାପଡ଼ା ବିଭାଜନ ପକ୍ଷରୁ ଜିଲ୍ଲା ସ୍ତରୀୟ ପାଣି ପଂଚାୟତ ପକ୍ଷ ୨୦୨୩ ପାଳନ ହୋଇଯାଇଛି । ନିର୍ବାହୀ ଯନ୍ତ୍ରୀ ଇଂ ଅଜୟ କୁମାର ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଉତ୍ସବରେ କେନ୍ଦ୍ରାପଡା ଜିଲ୍ଲା ପରିଷଦ ଅଧ୍ୟକ୍ଷା ଗିତାଞ୍ଜଳୀ ସେଠୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ । କେନ୍ଦ୍ରାପଡା ଜଳ ସମ୍ପଦ ବିଭାଗର ଅଧିକ୍ଷଣ ଯନ୍ତ୍ରୀ ଇଂ. ଉମେଶ ଚନ୍ଦ୍ର ସେଠୀ, ଜିଲ୍ଲା କୃଷି ଅଧିକାରୀ ତୁସାରକାନ୍ତି ସାମଲ, ନାବାର୍ଡ ପରିଚାଳକ ଅଶୋକ କୁମାର ଆଚାର୍ଯ୍ୟ, ଉପଖଣ୍ଡ ସୂଚନା ଓ ଲୋକ ସଂପର୍କ ଅଧିକାରୀ ଅଶୋକ କୁମାର ବଳିଆର ସିଂହ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ । ଉଠା ଜଳସେଚନ ବିଭାଗର ସହକାରୀ ନିର୍ବାହୀ ଯନ୍ତ୍ରୀ ଇଂ ନିମାଇଁ ଚରଣ ସେଠୀଙ୍କ ସଂଯୋଜନା ଓ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ଏହି ଉତ୍ସବରେ ୯ଟି ବ୍ଲକର ପାଣି ପଂଚାୟତ ସଂପାଦକ ଓ ସଭ୍ୟମାନେ ଯୋଗଦେଇ ପାଣି ପଂଚାୟତର ସୁବିଧା ଓ ରାଜ୍ୟ ସରକାରଙ୍କ ପକ୍ଷରୁ ପ୍ରଦାନ କରାଯାଉ ଥିବା କାର୍ଯ୍ୟକ୍ରମ ବିଷୟରେ ବକ୍ତବ୍ୟ ରଖିଥିଲେ । ମୁଖ୍ୟ ଅତିଥି ଶ୍ରୀମତୀ ସେଠୀ କୃଷି ପ୍ରଧାନ କେନ୍ଦ୍ରାପଡା ଜିଲ୍ଲାର ସେଚ ଜଳର ସୁପରିଚାଳନା ଓ ସୁଷମ ବଂଟନ ତଥା ସଂରକ୍ଷଣ ଅତ୍ୟନ୍ତ ଜରୁରୀବୋଲି ବକ୍ତବ୍ୟ ରଖିଥିଲେ । ଅନ୍ୟତମ ଅତିଥି ଜଳ ସମ୍ପଦ ବିଭାଗର ଅଧିକ୍ଷଣ ଯନ୍ତ୍ରୀ ଶ୍ରୀ ସେଠୀ ଜଳ ସେଚନ ବ୍ୟବସ୍ଥାର ପରିଚାଳନା ଓ ଭିତିଭୂମି ରକ୍ଷଣା ବେକ୍ଷଣରେ ପାଣି ପଂଚାୟତର ଭୂମିକା ଅନସ୍ୱୀକାର୍ଯ୍ୟ ତଥା ସୁରକ୍ଷିତ ଓ ସମାନୁପାତିକ ଜଳ ଯୋଗାଇବା ପାଣି ପଂଚାୟତର ଉଦ୍ଦେଶ୍ୟ ବୋଲି ପ୍ରକାଶ କରିଥିଲେ । ଅଚଳ ପଏଣ୍ଟ ଗୁଡିକୁ ସଚଳ କରିବା, ଆଲୋଚନା ମାଧ୍ୟମରେ ପାଣି ବଂଟନ ବିବାଦକୁ ସମାଧାନ କରିବା ଓ ଅଳ୍ପ ପାଣି ବିନିଯୋଗ କରାଯାଇ ଅଧିକ ଲାଭ ଓ ଅମଳକ୍ଷମ ଫସଲ ଉତ୍ପାଦନ କରି ଆର୍ଥିକ ସ୍ଥିତି ସୁଦୃଢ କରିବା ପାଇଁ ଜିଲ୍ଲା କୃଷି ଅଧିକାରୀ ଶ୍ରୀ ସାମଲ ପରାମର୍ଶ ଦେଇଥିଲେ । ଏହି ଅବସରରେ ପକ୍ଷ ପାଳନ ଉପଲକ୍ଷେ ବିଭାଜନ ପକ୍ଷରୁ ଆୟୋ

୨୫ତମ ସ୍ୱନକ୍ଷତ୍ର ଦିବସ ଅଭିନନ୍ଦନ

ସାଧାରଣ ଲୋକଙ୍କ ଖବରକାଗଜ

ଖେଳ ପର୍ଯ୍ୟବେକ୍ଷକ 25

PARYABEKHYAK ପର୍ଯ୍ୟବେକ୍ଷକ

Bhubaneswar Friday February 03, 2023 ଭୁବନେଶ୍ୱର ଶୁକ୍ରବାର, ଫେବୃଆରୀ ୦୩,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com ୮

ପାରାଦୀପ ମହାବିଦ୍ୟାଳୟର ୪୫ ତମ ବାର୍ଷିକ କ୍ରୀଡା ଉତ୍ସବ ଅନୁଷ୍ଠିତ

ପାରାଦୀପ,(ପି.ଏନ): ପାରାଦୀପ ମହାବିଦ୍ୟାଳୟର ୪୫ ତମ ବାର୍ଷିକ କ୍ରୀଡା ଉତ୍ସବ ସ୍ଥାନୀୟ ଗୋପବନ୍ଧୁ ଷ୍ଟାଡିୟମ ଠାରେ ଅନୁଷ୍ଠିତ ହୋଇଯାଇଛି । ଜାନୁଆରୀ ୩୧ ତାରିଖରେ ମହାବିଦ୍ୟାଳୟର ଅଧକ୍ଷା ଡ଼ଃ. ସସ୍ମିତା ଶତପଥୀ ଏହି କ୍ରୀଡା ଉତ୍ସବକୁ ଉଦଘାଟନ କରିଥିବାବେଳେ ଫେବୃଆରୀ ୧ ତାରିଖ ରେ ଏହା ଉଦଯାପିତ ହୋଇଥିଲା କ୍ଷ ଦୁଇଦିନ ଧରି ଚାଲିଥିବା ଏହି କ୍ରୀଡା ପ୍ରତିଯୋଗିତାରେ ବହୁ ଛାତ୍ରଛାତ୍ରୀ ଭାଗ ନେଇଥିଲେ କ୍ଷ ମହାବିଦ୍ୟାଳୟର କ୍ରୀଡା ଶିକ୍ଷକ ଭାଗବତ ବେହେରା ଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କ୍ରୀଡା ସଂସଦର ଉପସଭାପତି ଲେଫ୍ଟନାଣ୍ଟ କମାଣ୍ଡର ଅକ୍ଷୟ ଚନ୍ଦ୍ର ମିଶ୍ର ଓ ପଞ୍ଚାନନ ସାମଲ ଏହି ଉତ୍ସବକୁ ପରିଚାଳନା କରିଥିଲେ । ଉଦଯାପନୀ ଉତ୍ସବରେ ପାରାଦୀପ ବନ୍ଦର ମୁଖ୍ୟ ଅର୍ଥ ପରାମର୍ଶଦାତା ତଥା ଗୋପବନ୍ଧୁ କ୍ରୀଡା ସଂସଦର ସଭାପତି ଡି.ଏନ. ସୋନ୍ଧୀ ଓ ଉପସଭାପତି ଡା. ଦୁର୍ଗା ପ୍ରସାଦ ସେଠୀ ସମ୍ମାନୀୟ ଅତିଥି ଭାବେ ଯୋଗଦେଇ କୃତି କ୍ରୀଡ଼ାବିତ ମାନଙ୍କୁ ପୁରସ୍କୃତ ଓ ସାର୍ଟିଫିକେଟ ପ୍ରଦାନ କରିଥିଲେ । ଶେଷରେ ଇଂରାଜୀ ବିଭାଗ ମୁଖ୍ୟ ଅଧାପକ ଗଣେଶ୍ୱର ପାତ୍ର ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।

ପକନାଗାଁ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ବାର୍ଷିକ ମହୋତ୍ସବ

ଫୁଲବାଣୀ,(ପି.ଏନ): କନ୍ଧମାଳ ଜିଲ୍ଲାର ଫୁଲବାଣୀ ବ୍ଲକ ସ୍ଥିତ ପକନାଗାଁ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ବାର୍ଷିକ ମହୋତ୍ସବ ପାଳିତ ହୋଇଯାଇଛି ।ଉତ୍ସବର ପ୍ରାରମ୍ଭରେ ଛାତ୍ରୀ ମାନଙ୍କ ଜରିଆରେ ପ୍ରାରମ୍ଭିକ ସଂଗୀତ ଗାନ କରାଯାଇଥିଲା । ଉତ୍ସବର ଆବାହକ ତଥା ପ୍ରଧାନ ଶିକ୍ଷକ ଗୋପିନାଥ ସାହୁ ବାର୍ଷିକ ବିବରଣୀ ପାଠ କରିଥିବା ବେଳେ ଜିଲ୍ଲା ମଙ୍ଗଳ ଅଧିକାରୀ ସୀମାଞ୍ଚଳ ବେହେରା ଉକ୍ତ କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ କ୍ଷ ମୁଖ୍ୟ ଅତିଥି ଭାବରେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରବିଣ କୁମାର ବାଣୁଆ ଯୋଗଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଫୁଲବାଣୀ ତହସିଲ ଦାର ଦିନମଣି ନାୟକ, ଗଞ୍ଜୁଗୁଡା ଗ୍ରାମ ପଞ୍ଚାୟତ ର ସରପଞ୍ଚ ଆଲୋକ କହଁ ର,ସମିତିସଭ୍ୟ ପ୍ରଭାକର ପ୍ରଧାନ,ଫୁଲବାଣୀ ବ୍ଲକ ସମ୍ପ୍ରସାରାଣ ଅଧିକାରୀ ପ୍ରଣୟ କୁମାର ପରିଡା, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଲଛମନ ଦେହୁରୀ,ସମ୍ମାନିତ ଅତିଥି ରୂପେ ଯୋଗଦେଇ ତାଙ୍କର ମାର୍ଗଦର୍ଶକ ଛାତ୍ର ଦେଇ ଛାତ୍ର ଛାତ୍ରୀ ମାନଙ୍କୁ ଉତ୍ସାହିତ କରିଥିଲେ କ୍ଷ ଏଥି ସହିତ ଗତଦିନ ଗୁଡ଼ିକରେ ବିଦ୍ୟାଳୟର ଛାତ୍ରୀ ମାନଙ୍କୁ ନେଇ ହୋଇଥିବା ବିଭିନ୍ନ ପ୍ରତିଯୋଗିତାରେ କୃତି ପ୍ରତିଯୋଗୀ ମାନଙ୍କୁ ଅତିଥିଙ୍କ ଦ୍ୱାରା ମଞ୍ଚରେ ମାନପତ୍ର ଓ ଟ୍ରଫି ଦେଇ ପୁରସ୍କୃତ କରାଯାଇଥିଲା । ଏଥିରେ ବିଦ୍ୟାଳୟର ପରିଚାଳନା କମିଟିର ସମସ୍ତ ସଭ୍ୟ ସଭ୍ୟା,ପୁରାତନ ଛାତ୍ରୀ, ଭଦ୍ରବ୍ୟକ୍ତି ମାନେ ଯୋଗ ଦେଇଥିଲେ । ବିଦ୍ୟାଳୟର ଶିକ୍ଷକ ରାକେଶ କୁମାର ପ୍ରଧାନ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ବିଜୟ କୃଷ୍ଣ ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

ବନ୍ଦରରେ ଲାଗିଲା ବୃହତ କୋଇଲା ଜାହାଜ : ରେକ ଖଲାସରେ ପାରାଦୀପ ବନ୍ଦରର ରେକର୍ଡ

ପାରାଦୀପ ,(ପି.ଏନ): ଏମଭି ଏରାଟୋ ନାମକ ଏକ ବୃହତ ଜାହାଜ ଗୁରୁବାର ଦିନ ୧ ଲକ୍ଷ ୪୮ ହଜାର ୫୨୧ ଏମଟି ପାର୍ସଲ ଆମଦାନୀ କୋଇଲା ବନ୍ଦରର କେଆଇ ସିଟିପିପିଏଲ ଟର୍ମୀନାଲରେ ଲାଗିଛି, ଯାହାକି ଏତେ ପରିମାଣରେ କୋଇଲା ଆମଦାନୀ କ୍ଷେତ୍ରରେ ପାରାଦୀପ ବନ୍ଦର ପାଇଁ ଏକ ରେକର୍ଡ କ୍ଷ ସେହିପରି ଗୋଟିଏ ଦିନରେ ୫୨ ଟି ରେଳ ରେକ ଖାଲି କରି ପାରାଦୀପ ବନ୍ଦର ତାର ପୂର୍ବ ରେକର୍ଡ ୫୧ ରେକର୍ଡ କୁ ଭଙ୍ଗ କରି ନୂତନ ସର୍ବକାଳୀନ ରେକର୍ଡ ସୃଷ୍ଟି କରିଛି । ତେବେ ଏହି ଦୁଇ ଦୁଇ ଟି ସଫଳତା ପାଇଁ ବନ୍ଦର ଅଧକ୍ଷ ପି.ଏଲ. ହରନାଦ ସମସ୍ତ କର୍ମଚାରୀ, ଅଧିକାରୀ ଓ ବନ୍ଦର ବ୍ୟବହାରକାରୀ ସଂସ୍ଥା ମାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି ।

ମୁକ୍ତେଶ୍ୱର ଇନଣ୍ଡୋର ଷ୍ଟାଡିଅମରେ ବ୍ୟାଡମିଂଟନ ଟୁର୍ଣ୍ଣାମେଂଟ

ଭଦ୍ରକ, (ପି.ଏନ): ଏହି ଜିଲାର ଭଣ୍ଡାରିପୋଖରୀ ବ୍ଲକର ଷୋଳମପୁର ପ ।ୟତ ଅନ୍ତର୍ଗତ ମଣିନାଥପୁର ବୈତରଣୀ ନଦୀ କୂଳରେ ନିର୍ମିତ ମୁକ୍ତେଶ୍ୱର ଇନଣ୍ଡୋର ଷ୍ଟାଡିଅମରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ବ୍ୟାଡମିଂଟନ ଟୁର୍ଣ୍ଣାମେଂଟ ଉଦଯାପିତ ହୋଇଯାଇଛି । ପ୍ରକାଶ ଅଟୋମୋବାଇଲ ଆନୁକୂଲ୍ୟରେ ଅନୁଷ୍ଠିତ ଏହି ଟୁର୍ଣ୍ଣାମେଂଟକୁ ମୁଖ୍ୟଅତିଥି ଅବସରପ୍ରାପ୍ତ ଶିକ୍ଷକ ମୀନକେତନ ବେଉରିଆ ଉଦଘାଟନ କରିଥିଲେ । ଏଥିରେ ସାମ୍ବାଦିକ ବିଶ୍ୱମ୍ଭର ରାଉତ ଓ ଅମ୍ପାୟାର ଦେବପ୍ରସନ୍ନ ପତି ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ । ଏହି ଟୁର୍ଣ୍ଣାମେଂଟରେ ମୋଟ ୧୪ ଟି ଦଳ ଅଂଶଗ୍ରହଣ କରିଥିଲେ । ନିଜାମ ଏଣ୍ଡ ଇସଲାମ ଓ ପଣ୍ଡା ଏଣ୍ଡ ପାଇଲଟ ଦଳ ମଧ୍ୟରେ ଫାଇନାଲ ମ୍ୟାଚ ଅନୁଷ୍ଠିତ ହୋଇଥିଲା । ନିଜାମ ଏଣ୍ଡ ଇସଲାମ ଦଳ ୧୪-୨୧ ପଏଂଟରେ ବିଜୟୀ ହୋଇ ଜାମ୍ପିଅନ ହୋଇଥିବା ବେଳେ ପଣ୍ଡା ଏଣ୍ଡ ପାଇଲଟ ଦଳ ୧୫-୨୧ ପଏଂଟରେ ପରାଜିତ ହୋଇ ରନରସପ ହୋଇଥିଲା । ଆୟୋଜକଙ୍କ ପକ୍ଷରୁ ଚାମ୍ପିଅନ ଓ ରନସରସପ ଦଳ ସମେତ କୃତୀ ଖେଳାଳୀଙ୍କୁ ପୁରସ୍କୃତ କରାଯାଇଥିଲା । ପ୍ରକାଶ ବେଉରିଆ, ଦୀପକ ଦାସ, ସୁଧାଂଶୁ ବୋଉରିଆ, ସୁଧାଂଶୁ ମହାରଣା, ପବିତ୍ର ମୋହନ ବାରିକ, ଜ୍ଞାନରଞ୍ଜନ ବାରିକ ଟୁର୍ଣ୍ଣାମେଂଟ ପରିଚାଳନା କରିଥିଲେ ।

ମଞ୍ଜୁରୀରୋଡ ବିମ୍ବାଧରସାହୁ ସ୍କାରକୀ କ୍ରିକେଟ ଟୁର୍ଣ୍ଣାମେଂଟ, ସେମିରେ ଭଦ୍ରକ ୟୁନିକ୍

ଭଦ୍ରକ, (ପି.ଏନ): ଭଦ୍ରକ ଜିଲା ଭଣ୍ଡାରିପୋଖରୀ ବ୍ଲକ୍ ମଞ୍ଜୁରୀରୋଡ ଡାକ୍ତରଖାନା ପଡିଆରେ ୨୯ତମ ବିମ୍ବାଧର ସାହୁ ସ୍କାରକୀ କ୍ରିକେଟ ଟୁର୍ଣ୍ଣାମେଂଟର ୪ର୍ଥ କ୍ୱାଟର ଫାଇନାଲ ମ୍ୟାଚ ଭଦ୍ରକ ୟୁନିକ୍ ଏକାଦଶ ଓ କେନ୍ଦ୍ରପଡା ବାଲାବାବା ମଧ୍ୟରେ ଆଜି ଅନୁଷ୍ଠିତ ହୋଇଥିଲା । ବାଲାବାବା ଦଳ ଟସ ଜିଣି ପ୍ରଥମେ ବୋଲିଂ କରିବାକୁ ନିଷ୍ପତ୍ତି ନେଇଥିଲା । ପ୍ରଥମ ପାଳିରେ ବ୍ୟାଟିଂ କରି ଭଦ୍ରକ ୟୁନିକ ଦଳ ନିର୍ଦ୍ଧାରିତ ୨୦ ଓଭରରେ ସମସ୍ତ ଉଇକେଟ ହରାଇ ୧୬୮ ରନ ସ୍କୋର କରିଥିଲା । ବ୍ୟାଟ୍ସମ୍ୟାନ ରାକେଶ ପଟ୍ଟନାୟକ ୪୫ ବଲ ରେ ୭୫ ରନ ଓ ସହିଲ ଖାଁ ୧୪ ବଲ ରୁ ୨୫ ରନ ସ୍କୋର କରିଥିଲେ । ବିପକ୍ଷ ଦଳର ବୋଲର ରୋହିତ ଗାହାଣ ୪ ଓଭର ବୋଲିଂ କରି ୨୫ ରନ ଦେଇ ୨ ଉଇକେଟ ଓ ସଞ୍ଜିବ ସାହୁ ୪ ଓଭର ବୋଲିଂ କରି ୩୨ ରନ ଦେଇ ୨ ଉଇକେଟ ଅକ୍ତିଆର କରିଥିଲେ । ଜବାବରେ ବାଲାବାବା ଦଳ ୨୦ ଓଭରରେ ୯ ଉଇକେଟ ହରାଇ ୧୩୦ ସ୍କୋର କରି ପରାଜିତ ହୋଇଥିଲା । ବ୍ୟାଟ୍ସମ୍ୟାନ ହିମାଂଶୁ ସାହୁ ୧୭ ବଲ ରୁ ୨୭ରନ ଓ ବିଶ୍ୱଜିତ ମହାପାତ୍ର ୬ ବଲ ରୁ ୧୭ ରନ ସଂଗ୍ରହ କରିଥିଲେ । ବିପକ୍ଷ ଦଳର ବୋଲର ସୁଦର୍ଶନ ମିଶ୍ର ୪ ଓଭର ବୋଲିଂ କରି ୩୪ ରନ ଦେଇ ୩ ଉଇକେଟ ଓ ରିଷଭ ରାଜ ୩ ଓଭର ବୋଲିଂ କରି ୨୭ ରନ ବିନିମୟରେ ୨ ଉଇକେଟ ଅକ୍ତିଆର କରିଥିଲେ । ମ୍ୟାନ ଅଫ ଦି ମ୍ୟାଚ ବିଜେତା ରାକେଶ ପଟ୍ଟନାୟକଙ୍କୁ ନାଆମୀ ସମବାୟ ସମିତି ସଭାପତି ଦିପ୍ତୀସୂର୍ଯ୍ୟ ବିଶ୍ୱାଳ ପୁରସ୍କୃତ କରିଥିଲେ । ମନୋଜ ସାମଲ ମ୍ୟାଚ ରେଫରୀ ଦାଇତ୍ୱ, ନରେନ୍ଦ୍ର ଜେନା ଓ ସତ୍ୟବ୍ରତ ଜେନା ଅମ୍ପାୟାର ଦାଇତ୍ୱ ତୁଲାଇଥିଲେ । ସେହିପରି ଶ୍ରୀକାନ୍ତ ଖଣ୍ଡାଇ ଓ ସଞ୍ଜୟ ଶତପଥି ଭାଷ୍ୟକାର ଏବଂ ସନ୍ତୋଷ ଖଣ୍ଡାଇ ଓ ଅଜୟ ରାଉତ ସ୍କୋରର ଦାଇତ୍ୱ ତୁଲାଇଥିଲେ । ଗୁରୁବାର ଭଦ୍ରକ ୟୁନିକ ଏକାଦଶ ଓ ବାସୁଦେବପୁର ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ମ୍ୟାଚ ଅନୁଷ୍ଠିତ ହେବ ।

ପାଣି ଗାତରେ ପଡ଼ି ଦୁଇ ଶିଶୁ କନ୍ୟାଙ୍କ ମୃତ୍ୟୁ

ମାଲକାନଗିରି ,(ପି.ଏନ): ପାଣି ଗାତରେ ପଡି ଦୁଇ ଶିଶୁକନ୍ୟାଙ୍କ ମୃତ୍ୟୁ ଘଟିଛି । ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ସହରରେ ଆଜି ଏଭଳି ଅଭାବନୀୟ ଘଟଣା ସମସ୍ତଙ୍କୁ ସ୍ତବ୍ଧ କରିଛି । ରାସ୍ତା କାମ ପାଇଁ ମାଟି ଖୋଳାଯାଇଥିବା ଯୋଗୁଁ ଗାତ ହୋଇଯାଇଥିଲା । ସେହି ଗାତରେ ପଡି ଦୁଇଜଣ ଶିଶୁ କନ୍ୟାଙ୍କ ମୃତ୍ୟୁ ଘଟିଛି । ଚିତ୍ରକୋଣ୍ଡା ଢେପ ସାହିର ସୁଭଦ୍ରା କମାର(୪) ଏବଂ ସୁମୀ ଜାନମ (୩) ଦୁହେଁ ଆଜି ସକାଳେ ଖେଳୁଥିବା ସମୟରେ ନିକଟରେ ଥିବା ଏକ ଖାଲରେ ଗୋଡ଼ ଖସି ପଡିଯାଇଥିଲେ । ଏହି ଗାତରେ ଅଧିକ ପାଣି ଥିବାରୁ ସେମାନେ ଉପରକୁ ଉଠି ପାରିନଥିଲେ । ପରିବାର ଲୋକେ ଖୋଜାଖୋଜି କଲାପରେ ଉକ୍ତ ଗାତରୁ ସେମାନଙ୍କୁ ଉଦ୍ଧାର କରି ଚିତ୍ରକୋଣ୍ଡା ହସ୍ପିଟାଲକୁ ନେଇଥିଲେ । ହେଲେ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ ।ସ୍ଥାନୀୟ ଅଞ୍ଚଳରେ ରାସ୍ତା କାମ ପାଇଁ ଠିକାଦାରମାନେ ଖାଲ ଖୋଳି ପାଣି ରଖୁଥିଲେ । ହେଲେ ରାସ୍ତା କାମ ସରିବା ପରେ ଗାତକୁ ନପୋତି ତାକୁ ଖୋଲା ଛାଡି ଦେଇଥିଲା । ଯାହା ଦ୍ୱାରା ଏହି ଘଟଣା ଘଟିଥିବା ଗ୍ରାମବାସୀମାନେ ଅଭିଯୋଗ କରିଛନ୍ତି । ଘଟଣା ସ୍ଥଳରେ ପୋଲିସ ପହଁଚି ୨ ଶିଶୁକନ୍ୟାଙ୍କ ମୃତଦେହ ଜବତ କରି ଶବ ବ୍ୟବଚ୍ଛେଦ ନିମନ୍ତେ ପଠାଇ ତଦନ୍ତ ଆରମ୍ଭ କରିଛି ।

ପର୍ଯ୍ୟବେକ୍ଷକ ଖବରକାଗଜ ବାର୍ଷିକ ଉତ୍ସବରେ ଅଗଣିତ ପାଠକ ଓ ପାଠିକା ମାନଙ୍କୁ ଅଜସ୍ର ଅଭିନନ୍ଦନ ।

ଶୁଭେଚ୍ଛୁ

ପର୍ଯ୍ୟବେକ୍ଷକ ଖବରକାଗଜ ବାର୍ଷିକ ଉତ୍ସବରେ ଅଗଣିତ ପାଠକ ଓ ପାଠିକା ମାନଙ୍କୁ ଅଜସ୍ର ଅଭିନନ୍ଦନ ।

ସୁର୍ଯ୍ୟ ନାରାୟଣ ବେହେରା
ସମାଜସେବୀ ତଥା ସାମ୍ବାଦିକ,
କନ୍ଧମାଳ

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)
NURSERY (3+)
LKG, UKG, STD-I TO V

25% reservation as per RTE Act (2009)

FIND THE DIFFERENCE
•Surveillance through CCTV Camera •Small Classes •Congenial Environment •Intimate, Safe & Secured Place •Experienced & loving teachers •Individual attention to each child •Spacious Playground •AC Activity Room •Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray